ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ 25

PARYABEKHYAK

ପର୍ଯ୍ୟବେକ୍ଷକ

Vol.26 . No.154 Bhubaneswar Wednesday July 26 2023 | ୨୬ତମ ବର୍ଷ | ସଂଖ୍ୟା–୧୫୪ ଭୁବନେଶ୍ୱର, ବୁଧବାର, ଜୁଲାଇ ୨୬, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## ଭୁବନେଶ୍ୱରରେ ରାଷ୍ଟ୍ରପତି, ବାଟରେ ଓହ୍ଲାଇ ଲୋକଙ୍କୁ ଭେଟିଲେ

ଭୁବନେଶ୍ୱର, ୨୫।୭(ପି.ଏନ): ଭୁବନେଶ୍ୱରରେ ପହଞ୍ଚିଲେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ। ସେ ୩ ଦିନିଆ ଓଡିଶା ଗସ୍ତରେ ଆସିଛନ୍ତି। ବାୟୁସେନାର ସ୍ୱତନ୍ତ୍ର ବିମାନରେ ରାଷ୍ଟ୍ରପତି ସଂଧ୍ୟା ୫ଟା ୫୯ ମିନିଟରେ ଭୁବନେଶ୍ୱର ବିମାନ ବନ୍ଦରରେ ପହଞ୍ଚିଥିଲେ। ରାଷ୍ଟ୍ରପତିଙ୍କୁ ସ୍ୱାଗତ କରିବାକୁ ବିମାନନ୍ଦରରେ ପୂର୍ବରୁ ରାଜ୍ୟପାଳ ଗଣେଶୀ ଲାଲ, ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ହାଇକୋର୍ଟର ମୁଖ୍ୟ ବିଚ଼ାରପତି ଜଷ୍ଟିସ୍ ଏସ୍ ମୁରଲୀଧର, ମୁଖ୍ୟ ଶାସନ ସିଚ଼ବ ଏବଂ ପୁଲିସ ଡିଜି ପ୍ରମୁଖ ଉପସ୍ଥିତ ଥିଲେ।ସେଠାରୁ ରାଷ୍ଟ୍ରପତିଙ୍କ କାରକେଡ୍ ରାଜଭବନ ଅଭିମୁଖେ ଆସିଥିଲା। ତେବେ ଆସିବା ବେଳେ ବାଟରେ ସେ ଗାଡିରୁ ଓହ୍ଲାଇ ପାରମ୍ପରିକ ନାଚ଼ଗୀତ ମାଧମରେ ତାଙ୍କୁ ସ୍ୱାଗତ ଜଣାଉଥିବା ଲୋକଙ୍କୁ ଭେଟିଥିଲେ। ପରେ ରାଜଭବନରେ ପହଞ୍ଚିଥିଲା ରାଷ୍ଟ୍ରପତିଙ୍କ କାରକେଡ୍।



### ଭୁବନେଶ୍ୱରରେ ପହଂଚିଲେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ

ଭୁବନେଶ୍ୱର, ୨୫।୭(ପି.ଏନ): ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ମଙ୍ଗଳବାର ସଂଧ୍ୟାରେ ତିନିଦିନିଆ ଓଡ଼ିଶା ଗସ୍ତରେ ଆସିଛନ୍ତି। ସେ ବାୟୁସେନାର ସ୍ୱତନ୍ତ୍ର ବିମାନରେ ମଙ୍ଗଳବାର ସଂଧ୍ୟାରେ ଭୁବନେଶ୍ୱର ବିଜୁ ପଟ୍ଟନାୟକ ଅନ୍ତର୍ଜାତୀୟ ବିମାନବନ୍ଦରରେ ପହଞ୍ଚିଛନ୍ତି। ବିମାନବନ୍ଦରରେ ପହଞ୍ଚିଲା ପରେ ତାଙ୍କୁ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ, ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ତାଙ୍କୁ ସ୍ୱାଗତ କରିଥିଲେ। ଏହା ସହ ଭୁବନେଶ୍ୱରର ମେୟର ସୁଲୋଚନା ଦାସ ମୁଖ୍ୟ ସଚିବ ପ୍ରଦୀପ କୁମାର ଜେନା, ପୁଲିସ ମହାନିର୍ଦ୍ଦେଶକ ସୁନୀଲ ବଂଶଲ ପ୍ରମୁଖ ସ୍ୱାଗତ କରିଛନ୍ତି। ବିମାନବନ୍ଦରରେ ସ୍ୱାଗତ ପରେ ରାଷ୍ଟ୍ରପତି ସ୍ୱତନ୍ତ୍ର କାଁକେଡ୍‌ରେ ରାଜଭବନକୁ ସିଧାସଳଖ ଯାଇଛନ୍ତି। ରାଷ୍ଟ୍ରପତିଙ୍କ ଗସ୍ତକୁ ନଜରରେ ରଖି ରାଜ୍ୟ ସରକାରଙ୍କ ପକ୍ଷରୁ ଜୋରଦାର୍ ପ୍ରସ୍ତୁତି କରାଯାଇଛି। ରାଷ୍ଟ୍ରପତି ରାଜଭବନ ପରିସରରେ ସନ୍ଧ୍ୟା ୭ଟାରେ ଅତୁଟ ବନ୍ଧନ ପରିବାର ପକ୍ଷରୁ ଆୟୋଜିତ ଏକ କାର୍ଯ୍ୟକ୍ରମରେ ସେ ଯୋଗ ଦେଇଥିଲେ। ସେ କାଲି କଟକରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦାନ କରିବେ। କାଲେ ରାଷ୍ଟ୍ରପତି କଟକ ଉଚ୍ଚ ନ୍ୟାୟାଳୟର ୭୫ତମ ପ୍ରତିଷ୍ଠା ଦିବସର ପୂର୍ଭ ଉତ୍ସବ, ଜାତୀୟ ଆଇନ ବିଶ୍ୱବିଦ୍ୟାଳୟର ସମାବର୍ତ୍ତନ ଉତ୍ସବ, ଶ୍ରୀରାମ ଚନ୍ଦ୍ର ଭଞ୍ଜ ଭେଷଜ ମହାବିଦ୍ୟାଳୟ ଓ ହସ୍ପିଟାଲର ବାର୍ଷିକ ଉତ୍ସବରେ ଯୋଗଦେବେ।

## ଦିଲ୍ଲୀ ଅଧ୍ୟାଦେଶ ପାଇଁ ଆସିଲା ବିଲ୍, କ୍ୟାବିନେଟ ଦେଲା ଅନୁମୋଦନ

ନୂଆଦିଲଲୀ, ୨୫।୭(ପି.ଏଚ.ବିନିଲ୍ଲୀର ପ୍ରଶାସନିକ ନିଯୁକ୍ତି ଓ ବଦଳି ଉପରେ ନିଜର ନିୟନ୍ତ୍ରଣ ରଖିବା ପାଇଁ କେନ୍ଦ୍ର ସରକାର ଆଣିଥିବା ଅଧ୍ୟାଦେଶର ସ୍ଥାନ ନେବାକୁ ଆଜି ବିଲ୍? ଆସିଛି। ଆଜି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଅଧ୍ୟକ୍ଷତାରେ ବସିଥିବା କ୍ୟାବିନେଟ ବୈଠକରେ ଏହି ଦିଲ୍ଲୀ ବିଲ୍‌କୁ ଅନୁମୋଦନ ମିଳିଛି। ଖୁବଶୀଘ୍ର ଏହା ସଂସଦରେ ଉପସ୍ଥାପନ ହେବ। ସୁପ୍ରିମକୋର୍ଟ ଦିଲ୍ଲୀର କ୍ଷମତାସୀନ ସରକାରକୁ ପ୍ରଶାସନିକ ଅଧିକାରୀଙ୍କ ନିଯୁକ୍ତି ଓ ବଦଳି ଅଧିକାର ଦେଇଥିଲେ।



ତେବେ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକୁ ମାତ ଦେବାକୁ ପାଇଁ କେନ୍ଦ୍ର ସରକାର ମେ' ୧୯ରେ ଅଧ୍ୟାଦେଶ ଆଣିଥିଲେ। ବଦଳି ଓ ନିଯୁକ୍ତି ଅଧିକାର ଉପ ରାଜ୍ୟପାଳଙ୍କର ବୋଲି ଅଧ୍ୟାଦେଶରେ ବ୍ୟବସ୍ଥା କରାଯାଇଛି।

## ୨୪ ଘଣ୍ଟାରେ ବୁଡିବ ରାଜ୍ୟର ୧୨ଟି ଜିଲ୍ଲା: ପ୍ରବଳରୁ ପ୍ରବଳ ବର୍ଷା ନେଇ ପୂର୍ବାନୁମାନ

ଭୁବନେଶ୍ୱର, ୨୫।୭(ପି.ଏନ): ରାଜ୍ୟରେ ସକ୍ରିୟ ରହିଛି ଲଘୁଚ଼ାପ ଜନିତ ବର୍ଷା। ଗତକାଲି ସୃଷ୍ଟି ହୋଇଥିବା ଲଘୁଚ଼ାପ କ୍ଷେତ୍ର ବର୍ତ୍ତମାନ ଆହୁରି ଘନୀଭୂତ ହେବା ସହ ରାଜ୍ୟର ବିଭିନ୍ନ ଅଞ୍ଚଳ ପାଇଁ ପ୍ରବଳ ବର୍ଷାର ସମ୍ଭାବନା ସୃଷ୍ଟି କରିଛି। ଏହା ପଶ୍ଚିମ-କେନ୍ଦ୍ରୀୟ ତତସଂଲଗ୍ନ ଉତ୍ତର-ପଶ୍ଚିମ ବଙ୍ଗୋପସାଗର ପାର୍ଶ୍ୱବର୍ତ୍ତୀ ଆନ୍ଧ୍ରପ୍ରଦେଶ-ଦକ୍ଷିଣ ଓଡିଶା ଉପକୂଳ ସମୁଦ୍ର ଅଞ୍ଚଳରେ ଏଖ ସଦୃଶଃ ଲଘୁଚ଼ାପ କ୍ଷେତ୍ରର ରୂପ ନେଇଛି। ଯାହା ଫଳରେ ରାଜ୍ୟର ଅଧିକାଂଶ ଅଞ୍ଚଳରେ ପ୍ରବଳ ତଥା ପ୍ରବଳ ବର୍ଷା ନେଇ ପୂର୍ବାନୁମାନ କରାଯାଇଛି।ତେବେ ଏହି ଲଘୁଚ଼ାପ ଆଗକୁ ଆହୁରି ଘନୀଭୂତ ହେବା ସହ ୨୪ ଘଣ୍ଟା ମଧ୍ୟରେ ଅବପାତର ରୂପ ନେଇପାରେ।

## ଖୋଲିଲା ହୀରାକୁଦ ଡ୍ୟାମର ଆଉ ୪ଟି ଗେଟ୍, ଲଗାଣିଆ ବର୍ଷା ହେତୁ ବୃଦ୍ଧି ପାଉଛି ଜଳସ୍ତର



ସମ୍ବଲପୁର, ୨୫।୭(ପି.ଏନ): ଉପରମୁଣ୍ଡରେ ଲଗାଣିଆ ବର୍ଷା ଯୋଗୁଁ ଜଳସ୍ତର ବୃଦ୍ଧି ପାଉଛି। ସେଲାଗି ଆଜି ପୁଣି ହୀରାକୁଦ ଡ୍ୟାମ ୪ଟି ଗେଟ ଖୋଲିଛି। ଗତକାଲି ୩ଟି ଗେଟ ଖୋଲିବା ହେତୁ ସମୁଦାୟ ୮ଟି ଗେଟରେ ଜଳ ନିଷ୍କାଷିତ ହେଉଥିଲା। ବର୍ତ୍ତମାନ ଆହୁରି ୪ଟି ଗେଟ ଖୋଲିଯିବା ପରେ ସମୁଦାୟ ୧୨ଟି ଗେଟରେ ଜଳ ନିଷ୍କାଷିତ ହେଉଛି।ସୂଚ଼ନା ଅନୁଯାୟୀ, ଜଳସ୍ତର ବୃଦ୍ଧି ହେତୁ ରବିବାର ଦିନ ହୀରାକୁଦ ଡ୍ୟାମରେ ୫ଟି ଗେଟ ଖୋଲାଯାଇଥିଲା। ଗତକାଲି ପୁଣି ୩ଟି ଗେଟ ଖୋଲିଥିଲା। ଶେଷରେ ଆଜି ୪ଟି ଗେଟ୍ ଖୋଲାଯାଇଛି। ଏହାକୁ ମିଶାଇ ସମୁଦାୟ ୧୨ଟି ଗେଟରେ ଜଳ ନିଷ୍କାଷିତ ହେଉଛି। ଉପରେ ମୁଣ୍ଡରେ ଲଗାଣିଆ ବର୍ଷା ହେତୁ ପାଣିକୁ ଅଟକାଇବା କଷ୍ଟ ହେଉଥିବାରୁ ଧିରେ ଧିରେ ଗେଟ୍ ଖୋଲାଯାଉଛି।

### ପୂର୍ତ୍ତ ବିଭାଗ ରାସ୍ତାରେ ଗର୍ତ

ଭୁବନ, ୨୫।୭(ପି.ଏନ): ଭୁବନରୁ ଜିଲ୍ଲା ହେଡ କ୍ୱାଟର ଢ଼େଙ୍କାନାଳ କୁ ସଂଯୋଗ କରୁଥିବା ପୂର୍ତ୍ତ ବିଭାଗ ରାସ୍ତାର ବିଭିନ୍ନ ସ୍ଥାନରେ ଗର୍ତ ହୋଇଥିବାରୁ ଯାତାୟାତ ରେ ସମସ୍ୟା ଉପୁଜିବା ସହିତ ଦୈନିକ ଛୋଟ ବଡ ଦୁର୍ଘଟଣା ଘଟୁଛି। ଭୁବନ ଏନ୍ ଏ ସି ଅନ୍ତର୍ଗତ କାଲୁଣି ପୋଖରୀ ଛକ, ରଗଡ଼ି ପୋଲ ଓ ପୁରୁଷୋତମପୁର ଆଦର୍ଶ ବିଦ୍ୟାଳୟ ନିକଟରେ ଗର୍ତ ସୃଷ୍ଟି ହୋଇଥିବାରୁ ବାଇକ ଆରୋହୀ ମାନେ ଦୁର୍ଘଟଣାର ସମ୍ମୁଖୀନ ହେଉଛନ୍ତି। ଏହି ରାସ୍ତାରେ ଦୈନିକ ଶତାଧିକ ବାଲି ବୋଝେଇ ହାଇୱା, ଇଟା ପଥର ବୋଝେଇ ଟ୍ରକ ସମେତ ଢ଼େଙ୍କାନାଳ, କଟକ କୁ ଅନେକ ଯାତ୍ରୀବାହୀ ବସ ଚଳାଚଳ କରୁଛି। ତା ସହିତ ଏହି ରାସ୍ତାରେ ଦୈନିକ ଶତାଧିକ ବାଇକ, କାର ମଧ୍ୟ ଚାଲୁଛି। ଖାଲ ଖମା ରାସ୍ତା ସାଙ୍ଗ କୁ ଗର୍ତ ଯୋଗୁ ସମସ୍ୟା ଉପୁଜିଛି। ବର୍ଷା ଯୋଗୁଁ ଖାଲ ଗୁଡିକରେ ପାଣି ଜମି ରହିଥିବାରୁ ବାଇକ ଆରୋହୀ ଓ କାର ଚାଳକ ମାନେ ଜାଣି ନପାରି ଦୁର୍ଘଟଣା ର ସମ୍ମୁଖୀନ ହେଉଛନ୍ତି।

## ଲାଂଚ ନେବା ଅଭିଯୋଗରେ ତତ୍କାଳୀନ ଯନ୍ତ୍ରୀଙ୍କୁ ତିନି ବର୍ଷ ଜେଲ୍ ଓ ଜରିମାନା

କନ୍ଧମାଳ, ୨୫।୭(ପି.ଏନ): ବିଲ୍ ପାସ୍ କରିବା ପାଇଁ ଲାଂଚ ନେବା ଅଭିଯୋଗରେ ତତ୍କାଳୀନ ଯନ୍ତ୍ରୀଙ୍କୁ ତିନି ବର୍ଷ ଜେଲ ଦଣ୍ଡ। ବୌଦ୍ଧ ଜିଲ୍ଲା ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ ବିଭାଗର ତତ୍କାଳୀନ କନିଷ୍ଠ ଯନ୍ତ୍ରୀ ଭାବଗ୍ରାହୀ ସାମନ୍ତରାୟଙ୍କୁ ତିନି ବର୍ଷ ଜେଲ ଦଣ୍ଡରେ ଦଣ୍ଡିତ କରିଛନ୍ତି ଫୁଲବାଣୀ ସ୍ୱତନ୍ତ୍ର ଭିଜିଲାନ୍ସ ଅଦାଲତ। ଏଥିସହ ଅଭିଯୁକ୍ତଙ୍କୁ ୫ ହଜାର ଟଙ୍କା ଜରିମାନା କରାଯାଇଛି। ଜରିମାନା ଅନାଦେୟ ଅଭିଯୁକ୍ତଙ୍କୁ ଅଧିକ ତିନି ମାସ ଜେଲ ଦଣ୍ଡ ଭୋଗିବାକୁ ପଡିବ ବୋଲି ଅଦାଲତଙ୍କ ରାୟରେ ଉଲ୍ଲେଖ ରହିଛି।ସୂଚନା ଅନୁଯାୟୀ, ଗତ ୨୦୧୯ ମସିହାରେ ବୌଦ୍ଧ ଜିଲ୍ଲା ଖୁଂଟୁବନ୍ଧ ପଂଚାୟତର ଜହ୍ନାପଙ୍କ ଠାରେ ଗ୍ରାମ୍ୟ ଜଳଯୋଗାଣ ବିଭାଗ ପକ୍ଷରୁ ଏକ ସୌର ପ୍ରକଳ୍ପ ସ୍ଥାପନ କରାଯାଇଥିଲା। ତତ୍କାଳୀନ ଖୁଂଟୁବନ୍ଧ ସରପଂଚ ମିତ୍ରଭାନୁ ପ୍ରଧାନ ଏହି ପ୍ରକଳ୍ପ ତଦାରଖ ଦାୟିତ୍ୱରେ ଥିଲେ। କାମ ସରିବା ପରେ ସେ ବିଲ୍ ପାଇଁ ଯନ୍ତ୍ରୀ ଭାବଗ୍ରାହୀଙ୍କୁ ଅନୁରୋଧ କରିଥିଲେ। ତେବେ ବିଲ ଅନୁମୋଦନ ପାଇଁ ଯନ୍ତ୍ରୀ ୫୦ ହଜାର ଟଙ୍କା ଦାବୀ କରିଥିଲେ। ଫଳରେ ମିତ୍ରଭାନୁ ଏ ନେଇ ଭିଜିଲାନ୍ସ ବିଭାଗର ଦ୍ୱାରସ୍ଥ ହୋଇଥିଲେ। ୨୦୧୯ ଫେବୃଆରୀ ୪ ତାରିଖ ଦିନ ଯନ୍ତ୍ରୀ ଶ୍ରୀ ସାମନ୍ତରାୟ ତାଙ୍କ କାର୍ଯ୍ୟାଳୟରେ ଏହି ଲାଂଚ ଟଙ୍କା ଗ୍ରହଣ କରୁଥିବା ବେଳେ ପୂର୍ବ ପ୍ରସ୍ତୁତି ପ୍ରକାରେ ଭିଜିଲାନ୍ସ ବିଭାଗ ତାଙ୍କୁ ଧରିଥିଲେ। ଏ ନେଇ ବ୍ରହ୍ମପୁର ଭିଜିଲାନ୍ସ ଥାନାରେ ୩/୧୯ରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଚାଲିବା ପରେ ଫୁଲବାଣୀ ଭିଜିଲାନ୍ସ ଅଦାଲତରେ ମାମଲାର ବିଚାର ହୋଇଥିଲା। ଆଜି ଏହି ମାମଲାର ଶୁଣାଣୀ କରି ବିଚାରପତି ସମର ବିଳାସ ବେହେରା ୧୩ ଜଣ ସାକ୍ଷୀଙ୍କ ବୟାନ ଆଧାରରେ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରି ଉପରୋକ୍ତ ଦଣ୍ଡାଦେଶ ଶୁଣାଇଛନ୍ତି। ଅଭିଯୁକ୍ତ ସାମନ୍ତରାୟ ଇତିମଧ୍ୟରେ ସହକାରୀ ଯନ୍ତ୍ରୀ ହିସାବରେ ଚାକିରୀରୁ ଅବସର ନେଇ ସାରିଛନ୍ତି। ମାମଲାଟିକୁ ସରକାରଙ୍କ ପକ୍ଷରୁ ସ୍ୱତନ୍ତ୍ର ପିପି ଭି.ଭି. ରାମଦାସ ପରିଚାଳନା କରୁଥିଲେ।

## ଓଡିଶା ସିଭିଲ୍ ସର୍ଭିସ୍-୨୦୨୧ ଫଳ ପ୍ରକାଶ ଉପରେ ରହିତାଦେଶ ଜାରି କଲେ ଓଡିଶା ହାଇକୋର୍ଟ

ଭୁବନେଶ୍ୱର, ୨୫।୭(ପି.ଏନ): ଓଡିଶା ସିଭିଲ୍ ସର୍ଭିସ୍-୨୦୨୧ର ଫଳ ପ୍ରକାଶ ଉପରେ ଓଡିଶା ହାଇକୋର୍ଟ ଅନ୍ତରୀଣ ରହିତାଦେଶ ଜାରି କରିଛନ୍ତି। ଏହି ସମ୍ପର୍କିତ ଏକ ମାମଲାର ଶୁଣାଣି କରି ହାଇକୋର୍ଟ ତାଙ୍କ ରାୟରେ କହିଛନ୍ତି, ଚ଼ୟନ ପ୍ରକ୍ରିୟା ଜାରି ରହିଲେ ବି କୋର୍ଟଙ୍କ ବିନା ଅନୁମତିରେ ଫଳ ପ୍ରକାଶ ହୋଇପାରିବ ନାହିଁ। ଦିବ୍ୟାଙ୍ଗ ପ୍ରାର୍ଥୀ ସତୀଶ କୁମାର ପାଣିଗ୍ରାହୀଙ୍କ ଆବେଦନକୁ ଗ୍ରହଣ କରି ହାଇକୋର୍ଟ ଓଡିଶା ଲୋକସେବା ଆୟୋଗକୁ ଏହି ନିର୍ଦ୍ଦେଶ ଦେଇଛନ୍ତି। ଆସନ୍ତା ସେପ୍ଟେମ୍ବର ମାସ ପ୍ରଥମ ସପ୍ତାହରେ ଏହି ମାମଲାର ପରବର୍ତ୍ତୀ ଶୁଣାଣି କରିବାକୁ ହାଇକୋର୍ଟ ଦିନ ଧାର୍ଯ୍ୟ କରିଛନ୍ତି।ତେବେ ଦିବ୍ୟାଙ୍ଗ ପ୍ରାର୍ଥୀ ସତୀଶ କୁମାର ପାଣିଗ୍ରାହୀଙ୍କ ଆବେଦନକୁ ଗ୍ରହଣ କରି ହାଇକୋର୍ଟ ଏହି ନିର୍ଦ୍ଦେଶ ଦେଇଛନ୍ତି। ସତୀଶଙ୍କୁ ୪୦% ଭିନ୍ନକ୍ଷମ ବୋଲି ଦର୍ଶାଯାଇଥିବା ବେଳେ ସେ କିନ୍ତୁ ନିଜକୁ ସମ୍ପୂର୍ଣ୍ଣ ଭିନ୍ନକ୍ଷମ ବୋଲି ଦାବି କରିଛନ୍ତି। ଏଥିସହ ଏବେ ଜାରି ରହିଥିବା ପର୍ସନାଲିଟି ଟେଷ୍ଟରେ ସାମିଲ କରା ଯାଇ ନ ଥିବାରୁ ଏହାକୁ ବିରୋଧ କରି ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି ସତୀଶ।ସତୀଶ ଦାବି କରିଛନ୍ତି ଯେ, ତାଙ୍କ ଡିଜାବଲିଟି ଟେଷ୍ଟ ପାଇଁ ମେଡିକାଲ ବୋର୍ଡ଼ ଗଠନ କରିବେ ରାଜ୍ୟ ସରକାର। ଏହାବାଦ ଏବେ ଚ଼ାଲିଥିବା ପର୍ସନାଲିଟି ଟେଷ୍ଟରେ ଓଡିଶା ଲୋକ ସେବା ଆୟୋଗ ତାଙ୍କୁ ସାମିଲ କରୁ। ଏହି ମାମଲାର ଶୁଣାଣି ସେପ୍ଟେମ୍ବର ପ୍ରଥମ ସପ୍ତାହରେ ହେବ। ଆସନ୍ତା ଶୁଣାଣିରେ ମେଡିକାଲ ବୋର୍ଡ ସତୀଶଙ୍କ ଉସମ୍ବଭସକ୍ଷସମ୍ବଛ ଷ୍ପରଷ୍ପଷ୍ପ ରିପୋର୍ଟ ଦାଖଲ କରିବେ।ଏଥିସହ ରାଜ୍ୟ ସରକାର, କେନ୍ଦ୍ର ସରକାର ଓ ନିଜ ଜବାବ ଦାଖଲ କରିବେ। ତେଣୁ ସେ ପର୍ଯ୍ୟନ୍ତ ଫଳ ପ୍ରକାଶନର ସମ୍ଭାବନା ନାହିଁ। ଏହାପରେ କେବେ ଫଳ ପ୍ରକାଶ ପାଇବ ତାହାକୁ ନେଇ ଅନିଶ୍ଚିତତା ଦେଖାଦେଇଛି।






## ବ୍ରିଟିଶ ଅମଳର ଲଜିଂ ହାଉସଫଣ୍ଡ ଗୃହ ଏବେ ପାଲଟିଛି ଭୂତ କୋଠି

ପୁରୀ, ୨୫।୭(ପି.ଏନ): ତୀର୍ଥଯାତ୍ରୀଙ୍କ ରହଣି, ସୁବିଧା ଓ ତୀର୍ଥକର ଆଦାୟ ପାଇଁ ପୁରୀ ଲଜିଂ ହାଉସ ଫଣ୍ଡ ବ୍ରିଟିଶ ଅମଳରୁ ଗଠନ ହୋଇ ଚାଲୁଥିଲା। ସେତେବେଳେ କେନ୍ଦ୍ରୀୟ ଆଇନ ଅନୁସାରେ ଏହା ଗଠିତ ହୋଇଥିଲା। କିଛି ବର୍ଷ ତଳୁ ରାଜ୍ୟ ସରକାର ଏହି ସଂସ୍ଥାକୁ ପୌରସଂସ୍ଥାରେ ମିଶ୍ରଣ କରିଛନ୍ତି। ଫଣ୍ଡ ଅଧିନରେ ବଗଲା ଧର୍ମଶାଳା ପରିଚାଳିତ ହେଉଥିଲା। ସେତେବେଳେ ୨ ଟଙ୍କାରୁ ଆରମ୍ଭ କରି ୧୦ ଟଙ୍କା ଓ ପରେ ୨୦ ଟଙ୍କା ଦେଇ ଗରିବ ତୀର୍ଥଯାତ୍ରୀମାନେ ବଗଲା ଧର୍ମଶାଳାରେ ରୁମ ନେଇ ରହି ପାରୁଥିଲେ। ସହରରେ ଆଲୋଚନା ହେଉଛି ବଗଲା ଧର୍ମଶାଳାକୁ ହାତକୁ ନେବା ପାଇଁ ଏଭଳି ଷଡ଼ଯନ୍ତ୍ର କରାଯାଇଛି। ଏବେ ଗରିବ ତୀର୍ଥଯାତ୍ରୀମାନେ ବଡ଼ଦାଣ୍ଡ ବାରଣ୍ଡାରେ ରାତ୍ରି ଯାପନ କରୁଛନ୍ତି। ବ୍ରିଟିଶ ଅମଳରୁ ଥିବା ବିଭିନ୍ନ ସରଞ୍ଜାମ ଦସ୍ତାବିଜ୍ ଆଦି କେଉଁ ଆଡ଼େ ଗଲା କାହାକୁ ଦିଆଗଲା, କିଏ ରଖିଲା ସେ ସମ୍ପର୍କରେ ଜନସାଧାରଣ ଜାଣିପାରୁ ନାହାନ୍ତି। ଆଗରୁ ପୁରୀ ସହରରେ ଥିବା ହୋଟେଲ ଓ ଲଜିଂରୁ କର ଆଦାୟ ସହ ତନଖି ସହ କେତେ ରୁମ୍ ବ୍ୟବହାର କରାଯାଉଥିଲା ସେ ସମ୍ପର୍କରେ ତନାଘନା କରାଯାଉଥିବାରୁ ସେମାନଙ୍କ ଭୟ ରହୁଥିଲା। ଏପରିକି କୋଣାର୍କରେ ଥିବା ବିଭିନ୍ନ ହୋଟେଲ ଓ ଲଜିଂର ମାଲିକମାନେ ବର୍ଷକୁ ବର୍ଷ କେତେ ରୁମ ଅଛି, କେତେ ଟଙ୍କା ଆଦାୟ ହୋଇଛି, ଯାତ୍ରୀଙ୍କ ପାଇଁ କଣ ସୁବିଧା ଅଛି ସେ ସମ୍ପର୍କରେ ଆଫିଡ଼େଭିଟ ଦେବା ସହ ଦେୟ ଦେଇ ରସିଦ କାଟୁଥିଲେ। ଲଜିଂ ହାଉସ ଫଣ୍ଡ ପୌରସଂସ୍ଥାରେ ମିଶିବା ପରେ ଆଉ ତୀର୍ଥଯାତ୍ରୀଙ୍କ ସୁବିଧା ସମ୍ପର୍କରେ କେହି ବୁଝୁ ନାହାନ୍ତି। ଏପରିକି ତୀର୍ଥଯାତ୍ରୀଙ୍କ ପାଇଁ ବର୍ତ୍ତମାନର ଜିଲ୍ଲା ଚିକିତ୍ସାଳୟ ପିଲିଗ୍ରିମ୍ ଡ଼ାକ୍ତରଖାନା ନାମରେ ମଠ ମହନ୍ତ ଓ ବଦାନ୍ୟ ବ୍ୟକ୍ତିମାନେ ଅର୍ଥ ଆଦାୟ କରି ନିର୍ମାଣ କରିଥିଲେ। ଏବେ ସେହି ଡ଼ାକ୍ତରଖାନାକୁ ତୀର୍ଥଯାତ୍ରୀ ଗଲେ ସ୍ୱତନ୍ତ୍ର ବେଡ଼ ଓ ରୁମ୍ ମିଳୁନଥିବା ଅଭିଯୋଗ ହେଉଛି। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଲଜିଂ ହାଉସ ଫଣ୍ଡର ପୁରୁଣା ଗୃହ ରହିଛି। ତା ଚାରିପଟ ଅନାବନା ଗଛରେ ପରିପୂର୍ଣ୍ଣ ହେବା ସହ ବିଷଧର ସର୍ପ ଯାଆସ କରୁଛନ୍ତି। କିଛି ମାସ ତଳେ ଗୋଟିଏ ଡାମଣା ସାପ ମୋହରିର ଖାନାରେ ପସି ଯିବାରୁ ସ୍ନେକ ହେଲପ ଲାଇନ ସେଠାରୁ ଉଦ୍ଧାର କରିଥିଲା। ଏହି ଘରଟି ଏବେ ବହୁ ବର୍ଷ ଧରି ବନ୍ଦ ରହିଥିବାରୁ ତାହା ଏବେ ଭୂତକୋଠି ପାଲଟିଛି। ଏହି ଘରଟି ଲଜିଂ ହାଉସ ଫଣ୍ଡ ସମସ୍ତ ଆସବାପତ୍ର ସହ ଘରଟି ମଧ୍ୟ ପୌରସଂସ୍ଥାକୁ ହସ୍ତାନ୍ତର କରାଯାଇଥିଲା। ଏବେ ଏହି ଘରଟି ପୌରସଂସ୍ଥାର ନା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଭିତରେ ଥିବାରୁ ତାହା ଜିଲ୍ଲାପାଳଙ୍କ ଅଧିନରେ ରହିଛି କି ନାହିଁ ତାହା ଜନସାଧାରଣ ସନ୍ଦେହ ମଧ୍ୟରେ ରହିଛନ୍ତି। ଏହି ଘର ଆଗରେ ଏବେ ଅଳିଆ ଠେଲାଗାଡ଼ି ପାର୍କିଂ କରୁଛି। ଲଜିଂ ହାଉସ ଫଣ୍ଡ ଲେଖା ଅଛି କିନ୍ତୁ ତାର ପୂର୍ବ ଐତିହ୍ୟ ହଜିଯିବା ସମ୍ପର୍କରେ କଚେରି ହତାରେ ଆଲୋଚନା ହେଉଛି।

## ଡେଙ୍ଗୁ ପ୍ରସଙ୍ଗରେ ବିଏମସି ଅଫିସ୍ ଘେରାଉ ସମୟରେ ପୋଲିସ୍ ସହ ଧସ୍ତାଧସ୍ତି ସମୟରେ ୫୦ ଉର୍ଦ୍ଧ୍ୱ ବିଜେପି କର୍ମୀ ଗିରଫ

ଭୁବନେଶ୍ୱର, ୨୫।୭(ପି.ଏନ):- ବିଏମସି ଅବହେଳାରୁ ସ୍ମାର୍ଟ ସିଟି ଭୁବନେଶ୍ୱର ଏବେ ଡେଙ୍ଗୁର ହଟ୍‌ସ୍ପଟ ପାଲଟିଛି। ବିଏମସି ରାଜଧାନୀର ବିଭିନ୍ନ ସ୍ଥାନରେ ଆବର୍ଜନା ଏବଂ ଅପରିଷ୍କାର ପାଣି ଜମାରହୁଥିବା ବେଳେ ଡେଙ୍ଗୁରୋଗର ବାହକ ଏଡିସ ମଶାର ବଂଶ ବିସ୍ତାର ପାଇଁ ସୁବିଧା ହେଉଛି। କ୍ୟାପିଟାଲ ହସ୍ପିଟାଲରେ ଦୈନିକ ୧୩୦ରୁ ଅଧିକ ନମୁନା ପରୀକ୍ଷା କରାଯାଉଥିବାବେଳେ ୨୯ପଜିଟିଭ ବାହାରୁଛି। ଓଡ଼ିଶାର ମୁଖ୍ୟମନ୍ତ୍ରୀ ଓ ତାଙ୍କ ଦଳର ନେତା ମନ୍ତ୍ରୀମାନେ ରାଜ୍ୟର ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ବିଶ୍ୱସ୍ତରୀୟ କହୁଥିବାବେଳେ ୨୩ବର୍ଷ ଶାସନରେ ସ୍ମାର୍ଟସିଟି ଭୁବନେଶ୍ୱରରେ ପାଖାପାଖି ୩୦ପ୍ରତିଶତ ଡେଙ୍ଗୁ ରୋଗୀ। ଏହା ଆମେ କହୁନୁ କ୍ୟାପିଟାଲ ହସ୍ପିଟାଲର ତଥ୍ୟ କହୁଛି। ରାଜଧାନୀରେ ଡେଙ୍ଗୁରେ ୨ଟି ମୁଣ୍ଡ ଗଡିଲାଣି ଅଥଚ ସରକାରଙ୍କ ନିଦ ଭାଙ୍ଗୁ ନାହିଁ। ଭୁବନେଶ୍ୱରରେ ଡେଙ୍ଗୁର ଅବସ୍ଥା ଅସମ୍ଭାଳ ହୋଇଥିବାବେଳେ ରାଜ୍ୟ ସରକାର ନିଜର ଅପାରଗତାକୁ ଘୋଡାଇବା ପାଇଁ ତଥ୍ୟ ଲୁଚାଉଛନ୍ତି। ଡେଙ୍ଗୁ ଜନିତ ମୃତ୍ୟୁକୁ ଅସ୍ୱୀକାର କରିବା ଅତ୍ୟନ୍ତ ଦୁର୍ଭାଗ୍ୟଜନକ। ଡେଙ୍ଗୁ ମୃତ୍ୟୁକୁ ନମାନିବା ସରକାରଙ୍କ ଅସହାୟତାକୁ ପ୍ରକାଶ କରୁଛି। ଏହାର ପ୍ରତିବାଦରେ ଆଜି ଭୁବନେଶ୍ୱର ସାଂଗଠନିକ ଜିଲ୍ଲା ବିଜେପି ପକ୍ଷରୁ ସହ ସହ କାର୍ଯ୍ୟକର୍ତ୍ତା ଜିଲ୍ଲା ସଭାପତି ବାବୁ ସିଂ ଙ୍କ ନେତୃତ୍ୱରେ ଅଭିନବ ଢଙ୍ଗରେ ମଶାରୀ ଭିତରେ ମୁଖ୍ୟମନ୍ତ୍ରୀ, ୫ଟି ସଚିବ ବିଏମସି କମିଶନର ଓ ମେୟର ଙ୍କ ମୁଖା ପିନ୍ଧି ସହ ସହ କାର୍ଯ୍ୟକର୍ତ୍ତା ବିଏମସି ମୁଖ୍ୟ କାର୍ଯ୍ୟାଳୟ କୁ ଘେରାଉ କରିଥିଲେ। ସରକାରଙ୍କ ବିରୁଦ୍ଧରେ ନାରାବାଜି ସହ କାର୍ଯ୍ୟାଳୟ ଭିତରକୁ ଦସେଇ ପଶିବା ସମୟରେ ବିଜେପି କର୍ମୀ ଓ ପୋଲିସ୍ ମଧ୍ୟରେ ଧସ୍ତାଧସ୍ତି ହୋଇଥିଲା ଏବଂ ପୋଲିସ ୫୦ରୁ ଉର୍ଦ୍ଧ୍ୱ ବିଜେପି କର୍ମୀ ଙ୍କୁ ଗିରଫ କରିଥିଲା।ଗତବର୍ଷ ମଶା ଉପଦ୍ରବ ସମୟରେ ବିଏମସି ମଶା ମାରିବା ପାଇଁ "ଡ୍ରୋନ ସ୍ପ୍ରେ ଯୋଜନା"ର ମିଡିଆ ଇଭେଂଟ କରିଥିଲା। ଚଳିତବର୍ଷ ସେ ଡ୍ରୋନ ସ୍ପ୍ରେ କୁଆଡେ ଗଲା।ରାଜଧାନୀରେ ଡ୍ରେନ ଅବ୍ୟବସ୍ଥା, ରାସ୍ତାରେ ପାଣିଜମା ହେଉଥିବାରୁ ଡେଙ୍ଗୁ ମଶାର ବଂଶ ବିସ୍ତାର ହେଉଛି। ଜଳ ନିଷ୍କାସନ ପାଇଁ ଥିବା ଡ୍ରେନ ପୋତାଯାଇ କେଉଁଟି ବିଲ୍ଡିଂ ହେଲାଣି ତ କେଉଁଠି ରାସ୍ତା, କେଉଁଠି ଠିକାଦାର ଓ ବିଲ୍‌ଡରଙ୍କୁ ଟେକି ଦିଆଯାଉଛି। ରାଜଧାନୀର ଅନେକ ସ୍ଥାନରେ ଅଳିଆ ଆବର୍ଜନାର ଅସ୍ଥାୟୀ ଡମ୍ପିଆଡ ଚିନ୍ତାର କାରଣ ପାଲଟିଛି। ଏସବୁ ପ୍ରତି ବିଏମସି ଆଖିବୁଜି ଦେଇଛି। ରାଜଧାନୀରେ ଡେଙ୍ଗୁ ସ୍ଥିତି ନିୟନ୍ତ୍ରଣରେ ନାହିଁ। ଲୋକଙ୍କ ଜୀବନ ଯାଉଛି। ସରକାର ନିଦରୁ ଉଠନ୍ତୁ, ବିଶ୍ୱସ୍ତରୀୟ ସ୍ୱାସ୍ଥ୍ୟ ବ୍ୟବସ୍ଥାର ଡିଣ୍ଡିମ ନପିଟି ବାସ୍ତବିକତାକୁ ଗ୍ରହଣ କରନ୍ତୁ। ବର୍ଷା ପୂର୍ବରୁ ଏହି ମେୟର ଓ କମିଶନର କହୁଥିଲେ ଆମେ ପୁରା ସଜାଗ ଅଛୁ ବର୍ଷା ଜଳ ଆମେ ଘରେ ପଶିବାକୁ ଦବୁନି, ଡେଙ୍ଗୁ ନିୟନ୍ତ୍ରଣରେ ରଖିବୁ। ଆମ ପାଖେ ପ୍ରଯ୍ୟାପ୍ତ ପରିମାଣରେ ମଶା ତେଲ ଅଛି, ଡ୍ରୋନ ଅଛି କୁଆଡେ ଗଲା ସେ ଡ୍ରୋନ ରେ ମଶା ତେଲ ଚିଞ୍ଚନ, କୁଆଡେ ଗଲା ସେ ବିଏମସିର ତେଲ। ବର୍ଷା ଆରମ୍ଭ ହୋଇଛି କିନ୍ତୁ ଘରେ ଘରେ ଯେଉଁ ଭଳି ଭାବରେ ହୁ ହୁ ଭାବେ ଡେଙ୍ଗୁ ରୋଗ ବ୍ୟାପୁଛି ତାହା ଆଜି ଚିନ୍ତାର ବିଷୟ ହୋଇଛି। କୋଉଠି ନା କୋଉଠି ଭାରତ ବର୍ଷ ରେ ଭୁବନେଶ୍ୱର ଆଜି ଡେଙ୍ଗୁ ରୋଗର ହଟ୍ ସ୍ପଟ୍ ପାଲଟିଛି। ଏ କଥାକୁ ନେଇ ଭାରତୀୟ ଜନତା ପାର୍ଟି ଚିନ୍ତା ଓ ବ୍ୟଥିତ ଅଛି। ଭୁବନେଶ୍ୱର ବାସୀ କଣ ପାପ କରିଛନ୍ତି ଡେଙ୍ଗୁ ଆସିଲେ ପ୍ରଥମେ ଭୁବନେଶ୍ୱର ବାସୀଙ୍କ ଜୀବନ ନେବ। ବର୍ଷା ହେଲେ ଭୁବନେଶ୍ୱର ବାସୀଙ୍କ ଘରେ ପାଣି ପଶିବ। କେଉଁଠି ନା କେଉଁଠି ଭୁବନେଶ୍ୱର ବାସୀଙ୍କର ଏହି ଦୁଃଖକୁ ଲାଘବ କରିବା ପାଇଁ ଭାରତୀୟ ଜନତା ପାର୍ଟି ଆଜି ରାଜରାସ୍ତାକୁ ଓହ୍ଲାଉଛି। ଯଦି ସରକାର ତୁରନ୍ତ ଡେଙ୍ଗୁ ନିୟନ୍ତ୍ରଣ ପାଇଁ କଡ଼ା ପଦକ୍ଷେପ ନନୀୟନ୍ତି ନିଶ୍ଚିନ୍ତ ଭାବରେ ଏହି ଆନ୍ଦୋଳନକୁ ଆହୁରି ଶାଣିତ ଓ ଶକ୍ତିଶାଳୀ କରାଯିବ। ରାଜରାସ୍ତାରେ ବିଏମସି ର ଚାଲୁଥିବା ଗାଡ଼ି ଗୁଡ଼ିକୁ ଅଚଳ କରାଯିବ। ଭୁବନେଶ୍ୱର ବାସୀଙ୍କ ପାଇଁ ଏହି ଲଢେଇକୁ ଆହୁରି ଶାଣିତ କରାଯିବ ବୋଲି ଭୁବନେଶ୍ୱର ସାଂଗଠନିକ ଜିଲ୍ଲା ବିଜେପି ର ସଭାପତି ବାବୁ ସିଂ କହିଛନ୍ତି।ପ୍ରତିବର୍ଷ ବର୍ଷା ର ଦୁଇମାସ ପୂର୍ବରୁ ଡେଙ୍ଗୁ ନିୟନ୍ତ୍ରଣ ପାଇଁ ଏକ ପ୍ରୋଟୋକଲ ଅଛି ମାତ୍ର ବିଏମସି ତାକୁ ପାଳନ କରୁନି। ମେ ଓ ଜୁନ୍ ମାସରୁ ଡେଙ୍ଗୁ ନିୟନ୍ତ୍ରଣ ର ପ୍ରକ୍ରିୟା ଆରମ୍ଭ ହୁଏ ମାତ୍ର ବିଏମସି ଏସବୁ କିଛି ନକରି ନିରବ ରହିବା ଦୁର୍ଭାଗ୍ୟ ଜନକ। ଆଗାମୀ ଦିନରେ ମେୟର ଓ କମିଶନର ଙ୍କ ନାମରେ ଥାନାରେ ଏତଲା ଦେବୁ ଡେଙ୍ଗୁ ମୃତ୍ୟୁ ପାଇଁ ଦାୟୀ ଏମାନେ ବୋଲି ରାଜ୍ୟ ପ୍ରବକ୍ତା ଦିଲ୍ଲୀପ ମହାନ୍ତି କହିଛନ୍ତି।ସହ ସହ କୋଟି ଟଙ୍କା ଆସୁଛି ଭୁବନେଶ୍ୱର ର ବିକାଶ ପାଇଁ କିନ୍ତୁ ବିଏମସି ସବୁ ହରିଲୁଟ କରୁଛି। ଏଥିରୁ ପ୍ରମାଣିତ ହେଉଛି ଦୁର୍ନୀତି ରେ ପୁରା ବିଏମସି ବୁଡି ରହିଛି। ରାଜନୈତିକ ଓ ପ୍ରଶାସନିକ ଇଚ୍ଛା ଶକ୍ତି ଅଭାବରୁ ଡେଙ୍ଗୁ ରୋଗ ବ୍ୟାପୁଛି ବୋଲି ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଜଗନ୍ନାଥ ପ୍ରଧାନ କହିଛନ୍ତି। ଆଜିର ଏହି କାର୍ଯ୍ୟକ୍ରମ ରେ ବିଜେପି କର୍ପୋରେଟର ରାମଚନ୍ଦ୍ର ରଣସିଂହ, ଜୀବନ ରାଉତ, ମଧୁସ୍ମିତା ପ୍ରଧାନ, ସୁଜାତା ଛୋଟରାୟ, ଲକ୍ଷ୍ମୀପ୍ରିୟା ପରିଡ଼ା, ଯଶୋଧାରା ପ୍ରଧାନ, ଗୀତାଞ୍ଜଳୀ ସାହୁ, ଜିଲ୍ଲା ସାଧାରଣ ସମ୍ପାଦକ ହିମାଂଶୁ ଶେଖର ଛୋଟରାୟ, ଦିଲ୍ଲୀପ ବେହେରା, ଜିଲ୍ଲା ଉପ ସଭାପତି ରାଜେନ୍ଦ୍ର ଦାସ, ତୃପ୍ତିମଇ ମକଦ୍ଦମ, ସୁଶାନ୍ତ ସାବତ, ଧୀରେନ ପାତ୍ର, ମନୋରଞ୍ଜନ ସ୍ୱାଇଁ, ସୋମଶେଖର ବେହେରା, ଜିଲ୍ଲା ଯୁବ ମୋର୍ଚ୍ଚା ସଭାପତି ଶୋୟମ ସେବକ ରାୟ, ଜିଲ୍ଲା ଓବିସି ମୋର୍ଚ୍ଚା ସଭାପତି ଉପେନ୍ଦ୍ର ଭଞ୍ଜ, ଜିଲ୍ଲା ମଣ୍ଡଳ ସଭାପତି ସୁରେନ୍ଦ୍ର ପ୍ରଧାନ, ଦାମୋଦର ବେହେରା, ଜିତେନ୍ଦ୍ର ମହାନ୍ତି, ଅମରଜ୍ୟୋତି ଜଗଦେବ, ସଶିପ୍ରଭା ରଥ, ଶୋୟମ୍ଭୁ ପଟ୍ଟନାୟକ, ଜିଲ୍ଲା ସମ୍ପାଦକ ତାପସ ଦଳାଇ, ଆଶିଷ ମହାପାତ୍ର, ବିଷ୍ଣୁ ସାହୁ, ସନ୍ତୋଷ ପରିଡ଼ା, ନିର୍ମଳ ପଣ୍ଡା, ରଜନୀବାଳା ଦାସ, ରାଜ୍ୟ କୃଷକ ମୋର୍ଚ୍ଚା ସଂଯୋଜକ ସୁନିଲ ପ୍ରଧାନ, ରାଜ୍ୟ ଯୁବ ମୋର୍ଚ୍ଚା ସମ୍ପାଦକ ମନୋଜ କୁମାର ପଶ୍ଚିମକବାଟ ପ୍ରମୁଖ ଯୋଗୋଦେଇ ଥିଲେ।

## ସରକାରଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଣିବ 'ଇଣ୍ଡିଆ'!



ନୂଆଦିଲ୍ଲୀ, ୨୫।୭(ପି.ଏନ): ମଣିପୁର ହିଂସା ଘଟଣାରେ ସରକାରଙ୍କୁ ଘେରୁଥିବା ବିରୋଧୀ ଏବେ ବଡ ପଦକ୍ଷେପ ନେବାକୁ ଯୋଜନା କରିଛନ୍ତି। ସଂସଦର ମୌସୁମୀ ଅଧିବେଶନକୁ ୪ ଦିନ ପୂରିଥିଲେ ହେଁ ଏଯାଏ ଗୃହ କାର୍ଯ୍ୟ ମଣିପୁର ହିଂସା ପାଇଁ ଠପ ହୋଇ ରହିଛି।ଦିନକୁ ଦିନ ବିରୋଧୀଙ୍କ ସ୍ୱର ଶାଣିତ ହେଉଥିବାରୁ ସରକାର ଏହାକୁ କାଉଣ୍ଟର କରିବା ପାଇଁ ଉଭୟ ଲୋକସଭା ଓ ରାଜ୍ୟସଭାରେ ବଡବଡ ବିଲ୍ ଆଣିବାକୁ ଯୋଜନା କରିଛନ୍ତି।

## ୧୨୫୦ କୋଟି ଟଙ୍କାର ୮ଟି ପ୍ରକଳ୍ପକୁ ସିଙ୍ଗଲୱିଣ୍ଡୋ ମଞ୍ଜୁରୀ

ଭୁବନେଶ୍ୱର, ୨୫।୭(ପି.ଏନ): ରାଜ୍ୟରେ ଆଉ ୧୨୫୦କୋଟି ଟଙ୍କାର ୮ଟି ଶିଳ୍ପ ପ୍ରକଳ୍ପକୁ ଆଜି ରାଜ୍ୟସ୍ତରୀୟ ସିଙ୍ଗଲୱିଣ୍ଡୋ କ୍ଲିଅରାନ୍ସ ପ୍ରାଧିକରଣ ଅନୁମୋଦନ କରିଛନ୍ତି। ଏହା ଦ୍ୱାରା ରାଜ୍ୟରେ ଅତିରିକ୍ତ ୩୬୪୦ଜଣଙ୍କୁ ପ୍ରତ୍ୟକ୍ଷ ନିଯୁକ୍ତିର ସୁଯୋଗ ମିଳିବ।ଆଜି ରାଜ୍ୟ ମୁଖ୍ୟ ସଚ଼ିବ ପ୍ରଦୀପ କୁମାର ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ସିଙ୍ଗଲୱିଣ୍ଡୋ କ୍ଲିଅରାନ୍ସ ଅଥରିଟି ବୈଠକରେ ମୋଟ ୧୨୪୯.୧୮ କୋଟି ଟଙ୍କାର ୮ଟି ଶିଳ୍ପ ପ୍ରକଳ୍ପକୁ ସିଙ୍ଗଲୱିଣ୍ଡୋ କ୍ଲିଅରାନ୍ସ ମିଳିଛି। ଯେଉଁ ସବୁ ପ୍ରକଳ୍ପକୁ ସିଙ୍ଗଲୱିଣ୍ଡୋ ମଞ୍ଜୁରୀ ମିଳିଛି ସେଗୁଡିକ ହେଲା- ମମତା ଫାବ୍ରିକ୍ସ ପ୍ରାଇଭେଟ୍ ଲିମିଟେଡ୍ ଦ୍ୱାରା ୫୨କୋଟି ଟଙ୍କା ବ୍ୟୟରେ ଖୋର୍ଦ୍ଧାରେ ଏକ ରେଡିମେଡ୍ ଗାର୍ମେଣ୍ଟ ମ୍ୟାନୁଫାକଚ଼ରିଂ ୟୁନିଟ୍ ନିର୍ମାଣ କରାଯିବ, ଯେଉଁଥିରେ ପ୍ରାୟ ୨ହଜାର ଲୋକଙ୍କୁ ନିଯୁକ୍ତି ସୁଯୋଗ ମିଳିବ।








# ଟି ଟାଇମ୍



## ଜୋକ୍ସ

ଶିକ୍ଷକ-କାଲି ସ୍କୁଲ କାହିଁକି ଆସି ନଥିଲ ?

ଛାତ୍ର-କାଲି ପରା ମୁଁ ପଡିଗଲି । ଆଉ ଲାଗିଗଲା

ଶିକ୍ଷକ-କେଉଁଠି ପଡିଗଲ ଆଉ କ’ଣ ଲାଗିଗଲା ?

ଛାତ୍ର ଖଟରୁ ପଡିଗଲି ଆଉ ମୋ ଆଖି ଲାଗିଗଲା ।

## ପୁରାଣ କାହାଣୀ

# ବାଣୀ ପ୍ରଭାବରେ ଚୋର ହେଲା ସାଧୁ



ଅନ୍ଧାର ରାତିରେ ଚୋରଟି ଚୋରି କରି ଅଣନିଃଶ୍ୱାସୀ ହୋଇ ଚାଲି ଚାଲି ଥକି ଗୋଟିଏ ବୃକ୍ଷମୂଳେ ବିଶ୍ରାମ ନେଉଥିଲା । ହଠାତ୍ ସେ ରାସ୍ତାକଡରେ ବିଶ୍ରାମ ନେଉଥିବା ସମୟରେ ଜରିମାନଙ୍କ ଉପରେ ନଜର ପଡିଲା । ନିଶ୍ଚିନ୍ତରେ ଶୋଇଥିବା ଜରିର ଜୀବନଧାରା ସହିତ ନିଜକୁ ତୁଳନା କରି ଗଭୀର ଚିନ୍ତା କରିବାକୁ ଲାଗିଲା । କେତେବେଳେ ସୂର୍ଯ୍ୟ ଉଦୟ ହେଲେ ତାହା ସେ ଜାଣି ପାରିଲା ନାହିଁ । ଅନ୍ଧାର ଅପସରି ଆସୁଥିବା ବେଳେ ଚୋରର ମାନସିକ ଉଦବେଳନ ବଢ଼ି ଚାଲିଥାଏ । ସେହି ସମୟରେ ସେ ଲୋକଙ୍କୁ ଦେଖି ଭୟଭୀତ ହୋଇ ଚମକି ଉଠିଲା । କାଳେ କିଏ ତାକୁ ଦେଖିଦେଲା ଆଉ ଚିହ୍ନିଦେଲା କି ? ଭିକାରୀ ଓ ବୁଲା କୁକୁର ନିଜ ନିଜ ପେଟ ଭରଣା ପାଇଁ ଏଣେତେଣେ ବୁଲି ଖାଦ୍ୟ ସଂଗ୍ରହ କରିବାକୁ ଲାଗିଲେ । କିନ୍ତୁ ଚୋର ପାଇଁ ଦିନଟି ଥିଲା ଅଭିଶାପ । ଭିକାରୀ କଥା ମନେ ପକାଉ ପକାଉ ତା’ ମା କଥା ମନେ ପଡିଲା । ମା’ତାକୁ କହୁଥିଲା କାମକୁ ଡରି ପଳାଇ ଯାଉଛି ଭବିଷ୍ୟତରେ ଅସୁବିଧା ଭୋଗିବୁ । ଏହି କଥା ଭାବୁ ଭାବୁ ରାସ୍ତାରେ ଯାଉଥିବା ଦୁଇ ଦମ୍ପତିଙ୍କ କଥା ଶୁଣିବାକୁ ପାଇଲା । ଦୁଇ ଦମ୍ପତି ରାତିରେ ସାଧୁଙ୍କ ପ୍ରବଚନ ଶୁଣି ସକାଳେ ଘରକୁ ପ୍ରତ୍ୟାବର୍ତ୍ତନ କରୁଥିଲେ । ସେମାନେ ରାସ୍ତାରେ ସାଧୁଙ୍କ ବାଣୀ ଏତେ ଶାନ୍ତିପ୍ରଦ, ହିତକାରକ, ପ୍ରେରଣାଦାୟୀ ଥିଲା ବୋଲି କୁହାକୁହି ହୋଇ ଯାଉଥିଲେ । ଏହା ଶୁଣି ଚୋରର ମନ ସାଧୁଙ୍କ ବାଣୀ ପ୍ରତି ଆକର୍ଷିତ ହେଲା । ସାଧୁଙ୍କ ବାଣୀରେ ସେ ଏତେ ବିମୁଗ୍ଧ ହୋଇଗଲାଯେ ସେ ସାଧୁଙ୍କ ନିକଟକୁ ଆସିଲା ଓ ପ୍ରବଚନ ଶୁଣିଲା । ଲୁଚାଛପା କାମ କଲେ ମନରେ ଭୟ ଜାତ ହୋଇଥାଏ ବୋଲି ସାଧୁ କହିଲେ । ପରେ ଚୋର ସାଧୁଙ୍କୁ ସବୁ ସତ କଥା କହିଲା । ଅଜ୍ଞାତବସତଃ ମୁଁ ଆଜିଯାଏଁ କୁକର୍ମ କରି ଆସୁଥିଲି । କିନ୍ତୁ ଏବେ ପ୍ରତିଜ୍ଞା କରୁଛି ଆଜିଠାରୁ ମୁଁ ପରିଶ୍ରମ କରିବି ବୋଲି ସାଧୁଙ୍କୁ ସେ ପ୍ରତିଶ୍ରୁତି ଦେଇଥିଲା ।

# ଆଜିର ଭାଗ୍ୟ

**ମେଷ** କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** ବନ୍ଧୁଙକ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ତାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।

# ଦାନ୍ତରେ ଟାଟୁ



ଅତ୍ୟାଧୁନିକା ମହିଳାମାନେ ସବୁବେଳେ ଚାହାନ୍ତି କେମିତି ନିଜକୁ ଭିନ୍ନ ଶୈଳୀରେ ପ୍ରଦର୍ଶିତ କରିବେ ଏବଂ ଶରୀରର ସୌନ୍ଦର୍ଯ୍ୟ ବୃଦ୍ଧି କରିବେ। ଆଜିକାର ଫ୍ୟାଶନ ଯୁଗରେ ଏଭ୍ରି ଅଡ୍ ଇଜ୍ ଏ ଷ୍ଟାଇଲକୁ ମଧ୍ୟ କେତେକ ଗ୍ରହଣ କରି ସେହିପରି ଢଙ୍ଗରେ ନିଜକୁ ସଜାଉଛନ୍ତି । ଏବେ ଏବେ ସୌନ୍ଦର୍ଯ୍ୟ ସଚେତନ ତରୁଣୀମାନେ ଦାନ୍ତରେ ଟାଟୁ ଆଙ୍କିବା ଦିଗରେ ବେଶି ଢଳୁଥିବା ପରିଲକ୍ଷିତ ହେଉଛି, ଯେମିତି କିଛି ବର୍ଷ ତଳେ ‘ନାହିମୁଦି’ ଫ୍ୟାଶନ ଅନେକଙ୍କୁ କିମିଆ କରିଥିଲା। ଦାନ୍ତରେ ଟାଟୁ ଆଙ୍କିବା ନୂଆ କଥା ନୁହେଁ। ଆଠଦଶ ବର୍ଷ ତଳେ ଦାନ୍ତରେ ଟାଟୁ କରି ହିପ୍‌ହପ୍ ଗାୟିକା, ନୃତ୍ୟାଙ୍ଗନା ଓ ମେଡଲମାନେ ବିଭିନ୍ନ ଶୋ’କୁ ଆସିବା ପରେ ଏହାର ଚାହିଦା ବଢିବଢି ଚାଲିଛି। କିଶୋରୀ, କଲେଜ ଛାତ୍ରୀଠୁ ଆରମ୍ଭ କରି ପଇଁତିରିଶ ବର୍ଷ ଭିତରର ମହିଳାଙ୍କୁ ଦାନ୍ତରେ ଟାଟୁ ବେଶ୍ ମାନିବ ବୋଲି ସୌନ୍ଦର୍ଯ୍ୟ ବିଶେଷଜ୍ଞମାନେ କହନ୍ତି। ଅସ୍ଥାୟୀ ଓ ସ୍ଥାୟୀ ଭାବେ ଦାନ୍ତରେ ଟାଟୁ କରିହେବ।

# ପ୍ରସବ କରିବ ରୋବଟ !



ଇଞ୍ଜିନିୟର ତଥା ନୋବେଲିଷ୍ଟ ଜର୍ଜ ଜୈରକୈଡାକିସ୍‌ଙ୍କ ମତ ଅନୁସାରେ ଆସନ୍ତା ୨୦ରୁ ୩୦ ବର୍ଷ ମଧ୍ୟରେ ଏଭଳି ରୋବଟ ତିଆରି କରାଯାଇପାରିବ, ଯାହା ମଣିଷ ସହିତ ଶାରୀରିକ ସମ୍ପର୍କ ରଖିପାରିବ ଏବଂ ସନ୍ତାନ ପ୍ରସବ କରିପାରିବ। ଏପରିକି କେବଳ ରୋବଟ ପରସ୍ପର ମଧ୍ୟରେ ଶାରୀରିକ ସମ୍ପର୍କ ରଖିପାରିବେ। ବିଶେଷଜ୍ଞଙ୍କ କହିବା ଅନୁସାରେ ଯଦି ମଣିଷଙ୍କ ଅପେକ୍ଷା ରୋବଟଙ୍କ ସଂଖ୍ୟା ବୃଦ୍ଧି ପାଏ ତେବେ ଏହା ଦୁଃସ୍ୱପ୍ନ ସୃଷ୍ଟି କରିବ। ଏହାବ୍ୟତୀତ ପ୍ରଫେସର ବାର୍ବିକଙ୍କ ମତ ଅନୁସାରେ ରୋବଟର ଶାରୀରିକ ସମ୍ପର୍କ ସ୍ଥାପନ କରିବା ଏବଂ ସନ୍ତାନ ପ୍ରସବ କରିବା ନେଇ ସାମାଜିକ ସ୍ୱିକୃତୀ ବିଷୟରେ ଚିନ୍ତା କରାଯିବ। ଏଭଳି କୌଶଳକୁ ନେଇ କିଛି ପ୍ରତିକ୍ରିୟା ଓ ସମସ୍ୟା ମଧ୍ୟ ଉପୁଜିପାରେ ବୋଲି ବୈଜ୍ଞାନିକମାନେ ମତ ଦେଇଛନ୍ତି।

# ସ୍ମରଣଶକ୍ତି ବଢ଼ାଏ ଅଣ୍ଡା

ଆମେରିକା ସ୍ଥିତ ଟପ୍ଟ ୟୁନିଭରସିଟିର ରିସର୍ଚ୍ଚ କର୍ତ୍ତାମାନଙ୍କ କହିବା ହେଉଛି କି ଅଣ୍ଡା ଖାଇବା ଦ୍ୱାରା ମସ୍ତିଷ୍କ ମଜଭୁତ୍ ହୋଇଥାଏ ଏବଂ ଡିମେସିୟା ଭଳି ରୋଗର ଭୟ ଟଳିଯାଇଥାଏ । ଏହି ସମସ୍ୟାରେ ପୀଡ଼ିତ ଲୋକମାନଙ୍କର ସ୍ମରଣ ଶକ୍ତି ଅତି କମ୍ ହୋଇଯାଇଥାଏ । ରିସର୍ଚ୍ଚରେ ସାମିଲ୍ ଥିବା ଲୋକମାନଙ୍କୁ ଦୁଇ ଟିମ୍‌ରେ ବିଭାଜିତ କରାଯାଇଥିଲା । ପ୍ରଥମ ଟିମ୍‌କୁ ଖାଇବା ପାଇଁ ନିୟମିତ ୨ଟି ଲେଖାଏଁ ଅଣ୍ଡା ଦିଆଯାଉଥିଲା । ଯେବେକି ଅନ୍ୟ ଟିମ୍‌କୁ ଅଣ୍ଡା ପ୍ରତିବଦଳରେ ଅନ୍ୟାନ୍ୟ ଦ୍ରବ୍ୟ ଖାଇବାକୁ ଦିଆଯାଉଥିଲା । ମାସକ ପରେ ଦୁଇଟି ଟିମ୍‌ର ସଦସ୍ୟମାନଙ୍କର ସ୍ମରଣ ଶକ୍ତି, ତର୍କ କ୍ଷମତା ଏବଂ ଏକାଗ୍ରତା ସ୍ତରର ପରୀକ୍ଷା କରାଯାଇଥିଲା । ନିୟମିତ ଅଣ୍ଡା ଖାଉଥିବା ଟିମ୍‌ର ସଦସ୍ୟମାନଙ୍କର ପ୍ରଦର୍ଶନ ଅନ୍ୟ ଟିମ୍ ତୁଳନାରେ ଅଧିକ ଭଲ ହୋଇଥାଏ । ଅଣ୍ଡାରେ ଲ୍ୟୁଟିନ୍ ଏବଂ ଜେସିକାଥିନ୍ ନାମକ ଦୁଇ ପ୍ରକାର ଅକ୍ସିକରଣ ରୋଗ ପ୍ରତିରୋଧକ ତତ୍ତ୍ୱ ମିଳିଥାଏ । ଯାହା ଭାବିବା ଓ ବୁଝିବା ପ୍ରକ୍ରିୟାକୁ ସହଜ କରିଥାଏ । ଏଥିପାଇଁ ଆପଣ ମାଂସାହାରୀ ହୋଇଥାନ୍ତି ତେବେ ପ୍ରତିଦିନ ଖାଦ୍ୟରେ ଅଣ୍ଡାକୁ ସାମିଲ କରନ୍ତୁ ।

# ଫେସ୍‌ବୁକ ମାୟାରେ ଯୁବପିଢ଼ି

ବ୍ୟସ୍ତ ବହୁଳ ଜୀବନରେ ଫେସବୁକ ପାଲଟିଛି ମନୋରଞ୍ଜନର ମାଧ୍ୟମ । କାମରୁ ଟିକିଏ ଫୁରୁସତ ମିଳିଲେ ସମସ୍ତେ ଚାହାନ୍ତି ନିରୋଳାରେ ଅନ୍ତରଙ୍ଗ ବନ୍ଧୁ ସହ ଆଳାପ କରିବାକୁ । କିଛି ମନଖୋଲି କଥା ହେବାକୁ ଏବଂ ଅଜଣା ରାଇଜର ଖବର ଜାଣିବାକୁ । ହେଲେ ଏସବୁ ସମ୍ଭବ ହୋଇଛି ସୋସିଆଲ ମିଡିଆ ଫେସବୁକ ପାଇଁ । ସବୁ ପ୍ରତିବନ୍ଧକକୁ ଡେଇଁ ଫେସବୁକ ସମସ୍ତଙ୍କୁ ନିଜର କରି ପାରିଛି । ସ୍ନେହ, ଶ୍ରଦ୍ଧା ଦେଇ ମନ କିଣିଛି । ସେଥିପାଇଁ ଫେସବୁକ ଆଜି ଲକ୍ଷାଧିକ ଲୋକଙ୍କ ପସନ୍ଦ ପାଲଟିଛି । ସଫଳତାର ୧୦ ବର୍ଷ ଅତିକ୍ରମ କରି ଫେସବୁକ ରେକର୍ଡ ସୃଷ୍ଟି କରିଛି ।

୨୦୦୪ରେ ହାଭାର୍ଡରେ କିଛି ଛାତ୍ରଛାତ୍ରୀ ମେସେଜ ସେୟାର କରି ମଜା ନେବାର ସଫଳତା ଆଜି ବିଶ୍ୱାବସୀ ଅନୁଭବ କରୁଛନ୍ତି । ଯେଉଁ ମଜା ପରବର୍ତ୍ତି କାଳରେ ସାରା ବିଶ୍ୱାବସୀଙ୍କୁ ଏକତାର ସୂତ୍ରରେ ବାନ୍ଧି ପାରିଛି । ଦୀର୍ଘ ଦଶ ବର୍ଷ ହେଲା ଫେସବୁକ କୁହୁକରେ ସାରା ବିଶ୍ୱ ମସଗୁଲ ହୋଇ ଯାଇଛି । ସବୁ ବର୍ଗର ଜନସାଧାରଣ ଏହି ମୟାଜାଲରେ ଏମିତି ବାନ୍ଧି ହୋଇଛନ୍ତିଯେ ସହଜରେ ମୁକୁଳି ପାରୁନାହାନ୍ତି । ବିଶେଷକରି ଯୁବପିଢ଼ିଙ୍କ ପାଇଁ ଫେସବୁକ ଏକ ବରଦାନ ସଦୃଶ ପାଲଟିଛି । ବନ୍ଧୁତା ମଧ୍ୟରେ ଦୂରତା କମାଇବାରେ ଏହି ସୋସିଆଲ ମିଡିଆ ଫେସବୁକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯେଉଁଥିପାଇଁ ଦିନକୁ ଦିନ ଫେସବୁକର ଲୋକପ୍ରିୟତା ଓ ୟୁଜର୍ସଙ୍କ ସଂଖ୍ୟା ବଢ଼ି ଚାଲିଛି । ୧୦ ବର୍ଷ ପୂର୍ବରୁ ଭାରତରେ ଏହାର ସଚେତନତା କମ ଥିଲା । ତେଣୁ ଫେସବୁକ ସମ୍ବନ୍ଧରେ ଅଧିକାଂଶ ଯୁବପିଢ଼ି ଅଜ୍ଞ ଥିଲେ । କିନ୍ତୁ ଆଇଟି ସେକ୍ଟର ଯେପରି ଭାବେ ଦୃତ ଗତିରେ ଚାରିଆଡେ ବ୍ୟାପିଲା ଭାରତରେ ମଧ୍ୟ ତାର ପ୍ରଭାବ ପଡିଲା । ଫଳରେ ଫେସବୁକ ଧିରେଧିରେ ଜନାଦୃତ ହେଲା । ମୁମ୍ବାଇ, ଦିଲ୍ଲୀ, ବାଙ୍ଗାଲୋର ଏବଂ ହାଇଦ୍ରାବଦ ଭଳି ମେଟ୍ରୋ ସିଟିରେ ଏହି ସୋସିଆଲ ମିଡିଆ ପ୍ରଚାର ପ୍ରସାର ହେବା ପରେ ଗାଁ ଗହଳିରେ ବି ଏହାର ଜାଲ ପଡି ଯାଇଛି । ଫେସବୁକ ମାଧ୍ୟମରେ ଭାବ ଆଦାନ ପ୍ରଦାନ ଅତି ସହଜରେ ହେଉଥିବାରୁ ସମସ୍ତଙ୍କ ପ୍ରିୟଭାଜନ ହୋଇ ପାରିଛି । ବର୍ତ୍ତମାନସୁଦ୍ଧା ଫେସବୁକର ୧୫୦ ବିଲିଅନ ଡଲାର ସହଯୋଗୀ ହୋଇଥିବା ବେଳେ ୨୦୧.୬ ବିଲିଅନ ବ୍ୟକ୍ତି ବନ୍ଧୁତାର ସୂତ୍ରରେ ବାନ୍ଧି ହୋଇଛନ୍ତି । ପ୍ରତି ମାସରେ ୧.୨୩ ବିଲିଅନ ଲୋକ ଫେସବୁକ ବ୍ୟବହାର କରୁଛନ୍ତି । ପ୍ରତିଦିନ ୬ ବିଲିଅନ ଲୋକ ଫେସବୁକ ପସନ୍ଦ କରୁଥିବା ବେଳେ ୪୦୦ ବିଲିଅନ ଫଟୋ ସେୟାର ହୋଇଛି । ଏହାସହ ୭.୮ ଟ୍ରିଲିଅନ ମେସେଜ ଫେସବୁକରୁ ପଠା ଯାଇଛି । ସୋସିଆଲ କ୍ଲିନିକ ୱେବସାଇଡର ମତ ଅନୁସାରେ କେଳବ ୨୦୧୩ରେ ସାଉଦିରେ ୭.୮ ମିଲିଅନ ଫେସବୁକ ବ୍ୟବହାରକାରୀ ଥିଲେ । ୨୦୦୪ରେ ମାତ୍ର ୧ ମିଲଅନ ଫ୍ୟାନଙ୍କୁ ନେଇ ଆରମ୍ଭ ହୋଇଥିବା ଫେସବୁକ ବର୍ତ୍ତମାନ ୧,୨୩୦ ମିଲିଅନ ବ୍ୟବହାରୀକାରୀଙ୍କ ପାଖରେ ପହଞ୍ଚିଛି । ୨୦୦୫ରେ ୬ ମିଲିଅନ ବ୍ୟବହାରୀକାରୀ ଥିବା ବେଳେ ୨୦୦୭ରେ ୫୮ ମିଲିଅନ, ୨୦୦୮ରେ ୧୪୫ ମିଲିଅନ, ୨୦୦୯ରେ ୩୬୦ ମିଲିଅନ, ୨୦୧୦ରେ ୬୦୮, ୨୦୧୧ରେ ୮୪୫, ୨୦୧୨ରେ ୧,୦୫୬ ଏବଂ ୨୦୧୩ରେ ୧,୨୩୦ ମିଲିଅନ ବ୍ୟକ୍ତି ଫେସବକୁ ବ୍ୟବହାର କରୁଥିବା ୧୦ ବର୍ଷ ପୂର୍ତ୍ତି ଉତ୍ସବରୁ ଜଣାପଡିଥିଲା ।

# ଜିନ୍ସ ସୃଷ୍ଟି କରୁଛି ସମସ୍ୟା



ଆଜିକାର ଅତ୍ୟାଧୁନିକ ଯୁବତୀମାନେ ଚିପା ଜିନ୍ସ ପିନ୍ଧିବାକୁ ଏକ ଫ୍ୟାଶନ ମନେ କରୁଛନ୍ତି। ହେଲେ ଏହାଦ୍ୱାରା ଯେ ସ୍ୱାସ୍ଥ୍ୟଗତ ସମସ୍ୟା ସୃଷ୍ଟି ହୁଏ ସେଥିପ୍ରତି କେହି ଧ୍ୟାନ ଦିଅନ୍ତି ନାହିଁ। ଏକ ଗବେଷଣାରୁ ଜଣାଯାଇଛି ଯେ ଚିପା ଜିନ୍ସ ପିନ୍ଧିବା ଦ୍ୱାରା ଏକ ପ୍ରକାର ସ୍ନାୟୁଗତ ରୋଗ ସୃଷ୍ଟି ହୁଏ, ଯାହାକୁ କୁହନ୍ତି ‘ମେରାଲଜିଆ ପାରେସ୍ଥଟିକା’ ବା ‘ଟିଙ୍ଗଲିଙ୍ଗ୍ ଥ୍ରିଙ୍ଗ ସିଣ୍ଡ୍ରମ’। ଏହାଦ୍ୱାରା ଜଙ୍ଘରେ ଯାଇଥିବା ଚର୍ମ ସମ୍ବନ୍ଧୀୟ ସ୍ନାୟୁଗୁଡିକ ଏମିତି ପ୍ରତିକ୍ରୀୟାଶୀଳ ହୋଇପଡ଼ନ୍ତି ଯେ ଗୋଡ଼ ଝିମ୍‌ଝିମ୍ ଲାଗିବା ସହ ବିନ୍ଧି ଉଠେ। ଏହି ରୋଗରେ ଗୋଡ଼ ଅକାମି ହୋଇଗଲା ପରି ଅନୁଭୂତ ହୁଏ। ଚିପା ଜିନ୍ସ ସାଙ୍ଗକୁ ଯଦି ହାଇ ହିଲ୍ ଜୋତା ପିନ୍ଧିଥିବେ ତେବେ ଅବସ୍ଥା ଆହୁରି ସଙ୍ଗିନ ହୋଇଯିବାର ଆଶଙ୍କା ଥାଏ।

# ବିଶ୍ୱର ବଡ ଫୁଲ ବଜାର



ବିଶ୍ୱର ସବୁଠୁ ବଡ ଫୁଲ ବଜାର ପ୍ରତିଦିନ ଉତ୍ତର ହଲାଣ୍ଡ ଅନ୍ତର୍ଗତ ଆଲସମିର ସହରରେ ବସେ । ସେଠାରେ ବିଶ୍ୱର ସମସ୍ତ ଅଞ୍ଚଳର ଫୁଲ ବିକ୍ରି ହୁଏ । ଦୈନିକ ପ୍ରାୟ ଦୁଇ କୋଟିର ଫୁଲ ସେଠାରେ କାରବାର ହୋଇଥାଏ । ୨୪୩ ଏକର ଜମି ଉପରେ ଏଥିପାଇଁ ଗୋଦାମ ତିଆରି କରାଯାଇଛି । ପ୍ରତିଦିନ ରାତି ୧୦ଟା ସୁଦ୍ଧା ସେଠାକୁ ଫୁଲ ଆସେ ସାରା ରାତି ଫୁଲ ସଜାଡିବା କାର୍ଯ୍ୟ ଚାଲେ । ସକାଳ ୬ରେ ଫୁଲ ବିକ୍ରି ଆରମ୍ଭ ହୁଏ । ପାଇକାରୀ ବଜାର ହୋଇଥିବାରୁ ମୁଖ୍ୟତଃ ପାଇକାରୀମମାନେ ଏଠାକୁ ଆସନ୍ତି । ସମସ୍ତ ବିକ୍ରି ବଟା ନିଲାମ ଦ୍ୱାରା ହୁଏ । ଦିନ ୨ଟା ସୁଦ୍ଧା ବ୍ୟବସାୟ ସରେ ଏବଂ ପର ଦିନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥାଏ ।

# ଦୁଦୁରା ଫୁଲର ଔଷଧୀୟ ଗୁଣ



ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବୀନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।




# ପ୍ରକୃତ ଭକ୍ତିର ଲକ୍ଷଣ !



ସନ୍ତୋଷ, ମନର ତୁଷ୍ଟିର ଅନ୍ୟ ଏକ ନାମ । ଏ ଦୃଶ୍ୟମାନ ଜଗତରେ ସବୁ କିଛି ସଂକଳ୍ପ ଶକ୍ତିର ଫଳ । ମଣିଷର ଜୀବନ ତାର ଚିନ୍ତାଧାରା ଉପରେ ନିର୍ଭର କରେ । ଜୀବନ ଅନେକ ପ୍ରକାର କର୍ମର ସମାହାର । ସଂକଳ୍ପ ଅତି ବଳବାନ । ଏହା ମଣିଷକୁ ମନର ଗୋଟିଏ ଅବସ୍ଥାରୁ ଆଉ ଏକ ଅବସ୍ଥାକୁ ନେଇ ଯାଇପାରେ । ଏହା ଗୋଟିଏ ପ୍ରକାର ମଣିଷକୁ ଆଉ ଏକ ପ୍ରକାର ମଣିଷ କରି ଦେଇପାରେ । ପୁରାକାଳରେ ଋଷିମାନେ ପ୍ରଥମାବସ୍ଥାରେ ସାଧାରଣ ଲୋକ ହିସାବରେ ଥିଲେ । କେବଳ ତାଙ୍କ ସଂକଳ୍ପ ବଳରେ ସେମାନେ ମହାନ ଲୋକ ହୋଇ ପାରିଥିଲେ । ସଂକଳ୍ପ ଶକ୍ତି ବଳରେ ଦସ୍ୟୁ ରତ୍ନାକର ମହର୍ଷି ବାଲ୍ମୀକି ହୋଇ ପାରିଥିଲେ । ସେହି ଶକ୍ତି ବଳରେ ରାମକୃଷ୍ଣ, ରାମକୃଷ୍ଣ ପରମହଂସ ହୋଇ ପାରିଥିଲେ । ଦୁଇ ପ୍ରକାର ସଂକଳ୍ପ ଅଛି । ଗୋଟିଏ ଦୂଷିତ ଓ ଅନ୍ୟଟି ପବିତ୍ର । ପବିତ୍ର ସଂକଳ୍ପ ବଳରେ ମାନବ କଲ୍ୟାଣ ଭଳି ସତକର୍ମ ମାନ ସାଧିତ ହୋଇପାରେ । ଦୂଷିତ ସଂକଳ୍ପରେ ଈର୍ଷା, ଘୃଣା, ସମାଲୋଚନା ପ୍ରଭୃତି ଭରି ରହିଥାଏ । ମଣିଷ ସ୍ୱଭାବର ଦୁଇଟି ପାଖ ଅଛି । ଗୋଟିଏ ପାଶବିକ ଓ ଅନ୍ୟଟି ଦୈବୀ । ମଣିଷ, କାମ, କ୍ରୋଧ, ଲୋଭ, ମୋହ, ମଦ, ମାତ୍ସର୍ଯ୍ୟ ପ୍ରଭୃତି ଷଡ଼ରିପୁଙ୍କ ଦ୍ୱାରା ଆକ୍ରାନ୍ତ । ମଣିଷ ତା'ଠାରେ ଥିବା ସୁପ୍ରବୃତ୍ତିକୁ ଭଲ କାମରେ ଲଗାଉ ନାହିଁ । ସୁଫଳ ସୃଷ୍ଟି କରୁଥିବା ସତକର୍ମମାନ ଓ ଈଶ୍ୱରଙ୍କ ପ୍ରତି ଉତ୍ସର୍ଗୀକୃତ ଜୀବନ ଦ୍ୱାରା ମାନବ ମାଧବକୁ ରୂପାନ୍ତରିତ ହୋଇଯାଇପାରେ । ଏ ମାର୍ଗରୁ ଦୂରେଇ ଗଲେ ସେ ଭୁଲ କରି ବସେ ଓ ପରିଶେଷରେ ଆସୁରି ପ୍ରବୃତ୍ତି ସମ୍ପନ୍ନ ହୋଇଯାଏ ।

ମଣିଷର ଦେହକୁ ଗୋଟିଏ ରଥ ସହ ଓ ଆତ୍ମାକୁ ରଥର ସାରଥି ସହ ତୁଳନା କରାଯାଇପାରେ । ମଣିଷ ଭିତରୁ ଉପୁଜୁଥିବା ଭଲ ଓ ମନ୍ଦ ଚିନ୍ତା ଗୁଡ଼ିକ ପାଇଁ କାରଣ ମଧ୍ୟ ଅଛି । ଏକ ପାଖରେ କାରଣ ଓ ଅନ୍ୟ ପାଖରେ ଫଳାଫଳ । କାରଣ ଓ ଫଳାଫଳ ମଧ୍ୟରେ ଥିବା ସମ୍ପର୍କ ଅବର୍ଣ୍ଣନୀୟ । ସେମାନେ ପରସ୍ପର ନିର୍ଭରଶୀଳ, ଗୋଟିଏ ନଥିଲେ ଅନ୍ୟଟି ରହି ପାରିବ ନାହିଁ । କାରଣ ବିନା କୌଣସି ଘଟଣା ଘଟି ନପାରେ । କିନ୍ତୁ ଗୋଟିଏ କଥା ଅଛି ଯାହା କୌଣସି ହେତୁ ନଥାଇ ମଧ୍ୟ ପ୍ରବେଶ କରିଯାଏ । ତାହା ହେଉଛି ଅହଂଭାବ । ଅହଂଭାବ ଯୋଗୁଁ ମଣିଷ ଅନୁଭବ କରେ ଯେ ତା ସମକକ୍ଷ ଆଉ କେହିନାହିଁ । ଏହାଦ୍ୱାରା ସେ ନିଜକୁ ଭୁଲି ଯାଏ । ଅହଂକାରର ଏଭଳି ଶକ୍ତି । ଅହଂପୂର୍ଣ୍ଣ ଲୋକ କ'ଣ ଠିକ କ'ଣ ଭୁଲ ତାହା ଜାଣି ପାରେନାହିଁ । ସେ ଗୋଟିଏ ପଶୁ ତଥା ଅସୁର ଠାରୁ ବି ହୀନ ହୋଇଯାଏ । ଏହି ଅହଂକାର ବିନାଶ କରିବା ପାଇଁ ଆମକୁ ଆମର ସମସ୍ତ ମନ୍ଦ ଗୁଣ ଗୁଡ଼ିକୁ ହୋମାଗ୍ନିରେ ଉତ୍ସର୍ଗ କରି ଦେବାକୁ ପଡ଼ିବ ।

ଆମଠାରେ ଯଦି ସାମାନ୍ୟ ମାତ୍ର ପରିବର୍ତ୍ତନ ନ ଆସିଲା, ତେବେ ଜୀବନ ବୃଥାରେ ନଷ୍ଟ ହୋଇଗଲା ବୋଲି ଜାଣ । ଆଜିକାଲି ଆମେ ଗୋଟିଏ ପ୍ରକାର କଥା କହୁ ତ ଆଉ ଗୋଟିଏ ପ୍ରକାର କାମ କରୁ । ଅହଂକାର ମଣିଷ ଭିତରେ ପ୍ରବେଶ କରି ଘଟିବାକୁ ଯାଉଥିବା କଥା ସବୁ ଭୁଲାଇ ଦେଉଛି । ଆମର ପ୍ରତ୍ୟେକ ଭୁଲ ପାଇଁ, ପ୍ରତ୍ୟେକ ଅପରାଧ ପାଇଁ, ପ୍ରତିଟି ମିଥ୍ୟା ବଚନ ପାଇଁ ଫଳଭୋଗ କରିବାକୁ ପଡ଼ିବ । ତେଣୁ ସୁଗୁଣର ଅଭିବୃଦ୍ଧି କରି ମଙ୍ଗଳ ଉଦ୍ଦେଶ୍ୟରେ ନିଜକୁ ଉତ୍ସର୍ଗ କରିବା ।

'ଯଦଭାବମ ତଦ ଭବତି' ଅର୍ଥାତ୍ ଆମେ ଯେମିତି ଭାବିବା ସେମିତି ହୋଇପାରିବା । ଭଗବାନ ଶ୍ରୀସତ୍ୟସାଇ ବାବା ତାଙ୍କ ସମ୍ଭାଷଣରେ କହିଛନ୍ତି 'କେବଳ ନିର୍ମଳ ହୃଦୟ ବ୍ୟକ୍ତିମାନେ ହିଁ ଈଶ୍ୱର ଦର୍ଶନ ଲାଭ କରନ୍ତି । ଅଧିକରୁ ଅଧିକ ଦୈବୀ କୃପା ଲାଭ କରି ନେବା ପାଇଁ ହୃଦୟକୁ ବୃହତରୁ ବୃହତ୍ତର କର । ଛୋଟିଆ ପାତ୍ରଟିଏ ନେଇ ଯାଇ ତୁମେ ସେଥିରେ ସମୁଦ୍ରର ସମୁଦାୟ ଜଳ ନେଇ ଆସିପାରିବ ନାହିଁ । ପାତ୍ରରେ ଯାଗା ଧରୁଥିବା ପରିମାଣର ଜଳ କେବଳ ପାଇ ପାରିବ । ତୁମେ ନିଜକୁ ଜଣେ ବଡ଼ ଭକ୍ତ ଓ ବହୁ ହିତକର କାର୍ଯ୍ୟରେ ସମ୍ପୃକ୍ତ ବୋଲି କହି ବିଶ୍ୱକୁ ଠକି ଠକି ଚାଲିଛ । ଜଣଙ୍କର କାର୍ଯ୍ୟ କଳାପ, ଆଚରଣ ବ୍ୟବହାରରୁ ହିଁ ପ୍ରକୃତ ଭକ୍ତି ଜଣା ପଡ଼ିବ ।

**ଭବାଶିଷ ଦାସ,** ଆଇନଜୀବୀ, ଓଡ଼ିଶା ହାଇକୋର୍ଟ, ପ୍ଲଟ ନଂ - ୧୪୫୦, ସେକ୍ଟର-୧୦, ସିଡିଏ, କଟକ, ଦୂରଭାଷ: ୯୮୬୧୧୧୮୬୭୩

# ସତ୍ୟର ନୀରବ ସାଧକ ପ୍ରଫେସର ବି.ବି. ଲାଲ

ଡ. ସମନ୍ୱୟ ନନ୍ଦ



ଦେଶର ଖ୍ୟାତନାମା ପ୍ରତ୍ନତତ୍ୱବିତ ପ୍ରଫେସର ବିବି ଲାଲ ଆଉ ନାହାନ୍ତି । ୧୦୧ ବର୍ଷ ବୟସରେ ସେ ତାଙ୍କର ଶେଷନିଃଶ୍ୱାସ ନେଇଛନ୍ତି । ତାଙ୍କ ବିୟୋଗରେ ପ୍ରଧାନମନ୍ତ୍ରୀଙ୍କ ଠାରୁ ଆରମ୍ଭ କରି ଅନେକ ମାନ୍ୟଗଣ୍ୟ ଲୋକମାନେ ଗଭୀର ଶୋକ ପ୍ରକାଶ କରିଛନ୍ତି । ଅଯୋଧ୍ୟାରେ ବାବରୀ ଢାଂଚା ତଳେ ମନ୍ଦିର ଥିବାର ପ୍ରମାଣ ହେଉ, ଇଂରେଜଙ୍କ ଦ୍ୱାରା ଦିଆଯାଇଥିବା ଅତ୍ୟନ୍ତ ଅବୈଜ୍ଞାନିକ ଆର୍ଯ୍ୟ ଆକ୍ରମଣ ସିଦ୍ଧାନ୍ତ ବିରୁଦ୍ଧରେ ଅକାଟ୍ୟ ତର୍କ ପ୍ରଫେସର ଲାଲ ଦେଇଥିଲେ ।

ଇଂରେଜମାନେ ସେମାନଙ୍କର ଔପନିବେଶିକ ସ୍ୱାର୍ଥର ପୂର୍ତ୍ତି କରିବାକୁ ଓ ସେମାନଙ୍କର ଶାସନକୁ ଦୀର୍ଘସ୍ଥାୟୀ କରିବାକୁ ଶିକ୍ଷା, ଇତିହାସ ଏପରିକି ପ୍ରତ୍ନତତ୍ୱକୁ ବ୍ୟବହାର କରିଥିଲେ । ଇଂରେଜମାନେ ବିଶେଷ ଭାବେ ଇତିହାସ ଓ ପ୍ରତ୍ନତତ୍ୱର ବ୍ୟବହାର ସତ୍ୟ ଜଣାଇବାକୁ କରୁ ନ ଥିଲେ ବରଂ ସେମାନେ ଏଗୁଡିକର ବ୍ୟବହାର ଭାରତର ଜନମାନସରେ ହଜାର ହଜାର ବର୍ଷ ଧରି ଅଂକିତ ଥିବା ତଥ୍ୟକୁ ଭୁଲ ବୋଲି ପ୍ରମାଣିତ କରିବାକୁ କରି ଆସିଥିଲେ । ଏପରି କରିବା ପଛରେ ସେମାନଙ୍କର ମୁଖ୍ୟ ଉଦ୍ଦେଶ୍ୟ ଥିଲା ଭାରତୀୟମାନଙ୍କ ମନରେ ହୀନମନ୍ୟନତାର ଭାବନା ସୃଷ୍ଟି କରିବା । ଯେଉଁ ଜାତି ମନରେ ହୀନମନ୍ୟତାର ଭାବନା ସୃଷ୍ଟି ହୋଇଯାଏ, ଯେଉଁ ଜାତି ଆତ୍ମହୀନତାର ଶିକାର ହୋଇଯାଏ, ତା' ଉପରେ ଶାସନ କରିବା ଖୁବ ସହଜ ହୋଇଥାଏ । ଯେଉଁ ଜାତି ତାର ଇତିହାସରୁ ପ୍ରେରଣା ଲାଭ କରେ ଓ ଭୁଲରୁ ଶିକ୍ଷା ଗ୍ରହଣ କରିଥାଏ ସେହି ଜାତି ଉପରେ ଦୀର୍ଘ ସମୟ ଧରି ଶାସନ କରିବା ସମ୍ଭବ ହୋଇ ନ ଥାଏ । ଗୋରା ଇଂରେଜ ଧୂର୍ତମାନେ ଏହାକୁ ଭଲ ଭାବେ ଜାଣିଥିଲେ ।

ଏହି କାରଣରୁ ଇଂରେଜମାନେ ଭାରତରେ ଆର୍ଯ୍ୟ ଆକ୍ରମଣ ସିଦ୍ଧାନ୍ତ, ରାମାୟଣ-ମହାଭାରତ ଆଦି ଭାରତର ଇତିହାସ ନୁହେଁ ବରଂ ଏହାକୁ ମାଇଥୋଲୋଜି ବୋଲି ପ୍ରଚାରିତ କରି ଆସୁଥିଲେ । ଭାରତ ସ୍ୱାଧୀନ ହେବା ପରେ ଏହି ଦୃଷ୍ଟି ବଦଳି ଯିବାର ଆବଶ୍ୟକତା ଥିଲା । ହେଲେ ଦୁର୍ଭାଗ୍ୟର ବିଷୟ ଯେ ଭାରତ ସରକାର ଓ ଭାରତ ସରକାରଙ୍କ ଦ୍ୱାରା ଗଠିତ ସଂସ୍ଥାମାନଙ୍କରେ ଏଥିରେ କୌଣସି ପ୍ରକାର ପରିବର୍ତ୍ତନ ଆସି ନଥିଲା । ସେମାନେ ଏଥିରେ ଭାରତୀୟ ଦୃଷ୍ଟିକୋଣ ଆଣିବା ପରିବର୍ତ୍ତେ ମଧ୍ୟ ଇଂରେଜମାନଙ୍କ ଦ୍ୱାରା ଆରମ୍ଭ କରାଯାଇଥିବା ଔପନିବେଶିକ ନ୍ୟାରେଟିଭକୁ ହିଁ ଆଗକୁ ବଢାଇଥିଲେ । ଏହି ସଂସ୍ଥାମାନଙ୍କରେ ବାମପନ୍ଥୀମାନଙ୍କ ପ୍ରବେଶ କାରଣରୁ ଭାରତ ସ୍ୱାଧୀନ ହେବାପରେ ମଧ୍ୟ ସ୍କୁଲର ପାଠ୍ୟକ୍ରମରେ ଆର୍ଯ୍ୟମାନେ ବାହାରୁ ଆସିଥିଲେ ଭଳି ମିଥ୍ୟା ସିଦ୍ଧାନ୍ତଗୁଡିକୁ ପଢାହୋଇ ଆସୁଥିଲା । ହେଲେ ପ୍ରସିଦ୍ଧ ପ୍ରତ୍ନତତ୍ୱବିତ ପ୍ରଫେସର ବି.ବି. ଲାଲ ଜଣେ ଏପରି ସତ୍ୟର ସାଧକ ଥିଲେ ଯିଏ ଏହି ସମସ୍ତ ବାମପନ୍ଥୀ ଓ ଔପନିବେଶିକ ଥ୍ୟୋରୀ ଗୁଡିକୁ ନିଜର ବୈଜ୍ଞାନିକ ପ୍ରତ୍ନତାତ୍ୱିକ ଅନୁସନ୍ଧାନ ଆଧାରରେ ଧରାଶାୟୀ କରିଥିଲେ । ସେ ତାଙ୍କର ଅନେକ ଦଶନ୍ଧି ଧରି ପ୍ରତ୍ନତାତ୍ୱିକ କାମରେ ଅନେକ ଗୁରୁତ୍ୱପୂର୍ଣ୍ଣ କାମ କରିଥିଲେ । ଏହାମଧ୍ୟରୁ ତାଙ୍କର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କାମ ହେଲା ଯେ ସେ ଅଯୋଧ୍ୟାରେ ବାବରୀ ଢାଂଚା ତଳେ ମନ୍ଦିର ଥିବା କଥା କହିଥିଲେ । ଏହାଫଳରେ ବାମପନ୍ଥୀ ତଥା ଆଲିଗଡ ମୁସଲିମ ବିଶ୍ୱବିଦ୍ୟାଳୟର ଐତିହାସିକମାନଙ୍କଠାରୁ ତାଙ୍କୁ ଅନେକ ସମାଲୋଚନାର ଶରବ୍ୟ ହେବାକୁ ପଡିଥିଲା । ଇତିହାସ କ୍ଷେତ୍ରରେ ଏହି ବାମପନ୍ଥୀ ଐତିହାସିକମାନଙ୍କର ପ୍ରଭାବ ଖୁବ ଅଧିକ ରହି ଆସିଛି । ସେମାନେ ସରକାର ଓ ଶାସନର ସଂରକ୍ଷଣରେ କଳାକୁ ଧଳା କରିବା ଓ ଧଳାକୁ କଳା କରିବା କାମ ଲଗାତାର ଭାବେ କରି ଆସିଛନ୍ତି । ସେମାନେ ଭାରତର ରାଜା ସେମାନଙ୍କର ଶାସନ ବ୍ୟବସ୍ଥା ସେମାନଙ୍କ ସମୟର ସମାଜ ବ୍ୟବସ୍ଥାକୁ 'ଜହାଲତରେ ପରିପୂର୍ଣ୍ଣ' ବୋଲି ଘୋଷଣା କରିବା ସହ ମଧ୍ୟ-ଏସିଆରୁ ଆସିଥିବା ଆକ୍ରମଣକାରୀ ମାନେ କିପରି ଶ୍ରେଷ୍ଠ ଥିଲେ ତାହା ଲେଖି ଭାରତର ଜନମାନସକୁ ଭ୍ରମିତ କରିବାର କାମ କରି ଆସିଛନ୍ତି । ତାଙ୍କ ଦ୍ୱାରା ଦିଆଯାଇଥିବା ଥ୍ୟୋରୀ ବିରୁଦ୍ଧରେ ଯଦି କେହି ଗଲା, ତେବେ ଏକାଦେମିକ କ୍ଷେତ୍ରରେ ତାଙ୍କୁ ସମାପ୍ତ କରିଥା'ନ୍ତି । ତେଣୁ ପ୍ରଫେସର ବି. ବି. ଲାଲ ତାଙ୍କ ଟାର୍ଗେଟରେ ରହିବା ସ୍ୱାଭବିକ ଥିଲା । ଏହାସତ୍ତ୍ୱେ ପ୍ରଫେସର ବି. ବି. ଲାଲ କେବେହେଲେ ସତ୍ୟରୁ ବିଚ୍ୟୁତ ହୋଇ ନଥିଲେ । ପ୍ରଫେସର ବି.ବି. ଲାଲ ଅନେକ ମହାଭାରତ ସହ ଜଡିତ ସ୍ଥଳର ଉତ୍‌ଖନନ କାମ କରିଥିଲେ । ସେ ୧୯୭୫ ମସିହାରେ ଆର୍କିଓଲଜି ଅଫ ଦି ରାମାୟଣ ସାଇଟ୍ସ ନାମରେ ଏକ ପ୍ରକଳ୍ପ କାମ ଆରମ୍ଭ କରିଥିଲେ । ଏହି ପ୍ରକଳ୍ପରେ ସେ ରାମାୟଣ ସହ ଜଡିତ ବିଭିନ୍ନ ସ୍ଥାନ ଅଯୋଧ୍ୟା, ଭରଦ୍ୱାଜ ଆଶ୍ରମ, ନନ୍ଦୀଗ୍ରାମ, ଚିତ୍ରକୂଟରେ ଏହି ପ୍ରକଳ୍ପର ନେତୃତ୍ୱ ନେଇଥିଲେ ।

ରାମ ଜନ୍ମଭୂମି ସ୍ଥଳରେ ଉତ୍‌ଖନନ ବେଳେ ଏହି ଟିମରେ ସାମିଲ ଥିବା (ସେତେବେଳେ ଯୁବାବସ୍ଥାରେ ଥିବା) କେ. କେ. ମୋହମ୍ମଦ ତାଙ୍କର ଗୁରୁ ଅର୍ଥାତ ବି. ବି. ଲାଲଙ୍କ ସମ୍ପର୍କରେ ଏକ ଲେଖା ଲେଖିଛନ୍ତି । ସେ କହିଛନ୍ତି ଯେ ଜନ୍ମଭୂମି ସ୍ଥଳରେ ପୂର୍ବରୁ ସେଠାରେ ମନ୍ଦିର ରହିଥିବାର ସ୍ପଷ୍ଟ ପ୍ରମାଣ ମିଳିଥିଲା । ହେଲେ ମାର୍କସବାଦୀ ଐତିହାସିକ ମାନେ ଅଯୋଧ୍ୟା ଉତ୍‌ଖନନ ଓ ବିଶେଷ ଭାବେ ଏହାର ନେତୃତ୍ୱ ନେଇଥିବା ପ୍ରଫେସର ବି.ବି. ଲାଲଙ୍କ ଉପରେ ଆକ୍ରମଣ ଆରମ୍ଭ କରି ଦେଇଥିଲେ । କେ.କେ. ମୋହମ୍ମଦଙ୍କ କହିବା କଥା ହେଲା ଯେ ଯେଉଁ ଲୋକମାନେ ପ୍ରଫେସର ଲାଲଙ୍କ ଉପରେ ଆକ୍ରମଣ କରୁଥିଲେ ସେମାନେ ଐତିହାସିକ ଥିଲେ, ପ୍ରତ୍ନତତ୍ୱ ବିଷୟରେ କହିବାର ସେମାନେ ଅଧିକାରୀ ନ ଥିଲେ । ସେମାନଙ୍କୁ ପ୍ରତ୍ନତତ୍ୱରେ ବ୍ୟବହାର ହେଉଥିବା ଟେକ୍ନିକ ଓ ଅନ୍ୟ ବିଷୟ ଜଣା ନ ଥିଲା । ଏହାସତ୍ତ୍ୱେ ଏହି ମାର୍କ୍ସବାଦୀ ଐତିହାସିକମାନେ ପ୍ରଫେସର ଲାଲଙ୍କ ବିରୁଦ୍ଧରେ ଗଣମାଧ୍ୟମରେ ଆକ୍ରମଣ ଜାରୀ ରଖିଥିଲେ । କେ.କେ. ମୋହମ୍ମଦଙ୍କ କହିବା କଥା ଯେ ଏହାପରେ ଏଏସଆଇ ଓ ପ୍ରଫେସର



ବି.ବି. ଲାଲଙ୍କ ଉପରେ କମ୍ୟୁନିଷ୍ଟମାନଙ୍କର ଆକ୍ରମଣ ନ କମିବା କାରଣରୁ ସେ ଗଣମାଧ୍ୟମରେ ଏହାଉପରେ ପ୍ରତିକ୍ରିୟା ଦେବାକୁ ସ୍ଥିର କଲେ । ସେ ୧୯୯୦ ମସିହା ଡିସେମ୍ବର ୧୫ ତାରିଖ ଦିନ ଏକ ଇଂରାଜୀ ସମ୍ବାଦପତ୍ରରେ ପତ୍ରରେ ଏକ ଲେଖା ଲେଖି କହିଲେ ଯେ ସେ ନିଜେ ଜଣେ ମୁସଲମାନ । ସେ ଖନନକାରୀ ଦଳର ଜଣେ ସଦସ୍ୟ ଥିଲେ । ବିବାଦୀୟ ଢାଂଚା ତଳେ ମନ୍ଦିରର ଭଗ୍ନାବଶେଷ ରହିଛି । ଅଯୋଧ୍ୟା ହିନ୍ଦୁମାନଙ୍କର ପବିତ୍ର ସ୍ଥଳ ହୋଇଥିବା କାରଣରୁ ମୁସଲମାନ ମାନଙ୍କୁ ସ୍ୱେଚ୍ଛାରେ ରାମ ଜନ୍ମଭୂମିକୁ ଦେଇଦେବା ଉଚିତ । ଡ. କେ.କେ. ମୋହମ୍ମଦ ଆଗକୁ ଲେଖିଲେ ଯେ ଏହା ପରେ ମାର୍କ୍ସବାଦୀ ଓ ଆଲିଗଡ ମୁସଲିମ ବିଶ୍ୱବିଦ୍ୟାଳୟର ଐତିହାସିକମାନେ ତାଙ୍କ ପ୍ରତି ରକ୍ତମୁଖା ହୋଇପଡିଥିଲେ ।

କେ.କେ. ମୋହମ୍ମଦଙ୍କ ଏହି ଲେଖା ଉପରେ କମ୍ୟୁନିଷ୍ଟ ଐତିହାସିକମାନେ ଯେଭଳି ପ୍ରତିକ୍ରିୟା ଦେଇଥିଲେ ସେଥିରୁ ବାମପନ୍ଥୀ ଐତିହାସିକମାନଙ୍କର ପ୍ରଫେସର ବି.ବି. ଲାଲଙ୍କ ପ୍ରତି କେତେ କ୍ରୋଧ ଥିଲା, ତାହା ଅନୁମାନ କରାଯାଇପାରେ । ଏହାସତ୍ତ୍ୱେ ପ୍ରଫେସର ବି. ବି. ଲାଲ ତାଙ୍କର କାମ ଜାରୀ ରଖିଥିଲେ । ସମାଲୋଚନା ତାଙ୍କୁ ତାଙ୍କ କାମରୁ ଦୂର କରିପାରି ନ ଥିଲା । ଅଯୋଧ୍ୟା ମାମଲାର ଯେତେବେଳେ ସୁପ୍ରିମକୋର୍ଟର ରାୟ ଆସିଲା ସେତେବେଳେ ସେ ଏହାର ପ୍ରତିକ୍ରିୟାରେ କହିଲେ-"ଏଏସଆଇର ନିଷ୍କର୍ଷଗୁଡିକ ସୁପ୍ରିମକୋର୍ଟ ନୋଟିସରେ ନେଇଥିବାରୁ ମୁଁ ଅତ୍ୟନ୍ତ ଖୁସି ।"

ଏ ସମ୍ପର୍କରେ ତାଙ୍କର ଏକ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଓ ଉପାଦେୟ ପୁସ୍ତକ 'ରାମ, ହିଜ ହିଷ୍ଟରିସିଟି, ମନ୍ଦିର ଏଣ୍ଡ ସେତୁ: ଏଭିଡେନ୍ସ ଅଫ ଲିଟରେଚର, ଆର୍କିଓଲଜି ଏଣ୍ଡ ଅଦର ସାଇନ୍ସେସ' ରହିଛି । ପ୍ରଫେସର ବି.ବି. ଲାଲ କେବଳ ରାମାୟଣ ସ୍ଥଳ ଉପରେ କାମ କରି ନାହାନ୍ତି । ସେ ମହାଭାରତ ସ୍ଥଳଗୁଡିକ ଉପରେ ମଧ୍ୟ ଦୀର୍ଘଦିନ ଧରି କାମ କରିଥିଲେ ।

ପ୍ରଫେସର ବି.ବି. ଲାଲ ଜଣେ ସତ୍ୟାନ୍ୱେଷୀ ଭାବେ ତାଙ୍କର କାମ କରିଥିଲେ । ସେ ମହାଭାରତ ସହ ଜଡିତ ଅନେକ ସ୍ଥାନ ଯେପରି ମେରଠ ନିକଟରେ ହସ୍ତିନାପୁର, ମଥୁରା ଓ କୁରୁକ୍ଷେତ୍ର ଆଦି ସ୍ଥାନରେ ତଥା ଇନ୍ଦ୍ରପ୍ରସ୍ଥ ଆଦି ସ୍ଥାନରେ ପ୍ରତ୍ନତାତ୍ୱିକ ପ୍ରକଳ୍ପରେ କାମ କରିଥିଲେ । ବାମପନ୍ଥୀମାନେ ମହାଭାରତକୁ କେବଳ କପୋଳ କଳ୍ପନା କହୁଥିବା ବେଳେ ପ୍ରଫେସର ଲାଲ ମହାଭାରତର ଐତିହାସିକତାକୁ ପ୍ରମାଣିତ କରି ବାମପନ୍ଥୀ ଐତିହାସିକମାନଙ୍କ ଗାଲରେ ଶକ୍ତ ଚାପୁଡା ଲଗାଇଥିଲେ ।

କେବଳ ସେତିକି ନୁହେଁ ପ୍ରଫେସର ଲାଲ ବ୍ରିଟିଶମାନଙ୍କ ଦ୍ୱାରା ଓ ପରେ ମାର୍କ୍ସବାଦୀମାନଙ୍କ ଦ୍ୱାରା ବହୁଳ ଭାବେ ପ୍ରଚାରିତ ଆର୍ଯ୍ୟ ଆକ୍ରମଣ ସିଦ୍ଧାନ୍ତକୁ ଅତ୍ୟନ୍ତ ତାର୍କିକ ଭାବେ ଖଣ୍ଡନ କରିଥିଲେ । ତାଙ୍କର ଏ ସମ୍ପର୍କିତ ପୁସ୍ତକ 'ଦି ସରସ୍ୱତୀ ଫ୍ଲୋଜ ଅନ' । ଏହି ପୁସ୍ତକ ଜରିଆରେ ସେ ମାର୍କସବାଦୀ ଐତିହାସିକ ଆର.ଏସ. ଶର୍ମାଙ୍କ ଦ୍ୱାରା ଦିଆଯାଇଥିବା ତର୍କକୁ ଖଣ୍ଡନ କରିଥିଲେ । ଏହାକୁ ନେଇ ମଧ୍ୟ ସେ ମାର୍କସବାଦୀମାନଙ୍କ ଦ୍ୱାରା ପ୍ରବଳ ଆକ୍ରମଣ ଓ ସମାଲୋଚନାର ଶିକାର ହୋଇଥିଲେ । ଏହାସତ୍ତ୍ୱେ ପ୍ରଫେସର ଲାଲ କେବେହେଲେ ସତ୍ୟର ଅନ୍ୱେଷଣରୁ ନିଜକୁ ବିଚ୍ୟୁତ କରି ନ ଥିଲେ ।

ଜୀବନବ୍ୟାପୀ ସତ୍ୟର ସାଧନା କରିଥିଲେ ପ୍ରଫେସର ଲାଲ । ସେ ଔପନିବେଶିକବାଦୀ ଢାଂଚାକୁ ଭାଙ୍ଗିବା ସହ ଭାରତୀୟ ଢାଂଚା ତିଆରି କରିବାକୁ ତାଙ୍କର ସମ୍ପୂର୍ଣ୍ଣ ଜୀବନ ଲଗାଇ ଦେଇଥିଲେ । ଏଭଳି ଜଣେ ଭାରତୀୟତାର ନୀରବ ସାଧକଙ୍କୁ ଶତ ଶତ ପ୍ରଣାମ !

# ରାଜ୍ୟର ସମସ୍ତ ୭୫ ଲକ୍ଷ ଚାଷୀଙ୍କୁ କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଅନ୍ତର୍ଭୁକ୍ତ କରାଯାଉ !

ଭୁବନେଶ୍ୱର (ପିଏନ୍)-ସମଗ୍ର ରାଜ୍ୟରେ ଚାଷୀକୁଳ ବହୁ ଦୁସ୍ଥିତି ମଧ୍ୟରେ ଗତି କରୁଛନ୍ତି । ଧାନକୁ ଛାଡ଼ି ଆଳୁ, ପିଆଜ, ଦୁଗ୍ଧ, ଅଣ୍ଡା ପ୍ରଭୃତି ଖାଦ୍ୟ ସାମଗ୍ରୀ ଉପରେ ଓଡ଼ିଶା ବାହାର ରାଜ୍ୟ ଉପରେ ସମ୍ପୂର୍ଣ୍ଣ ନିର୍ଭରଶୀଳ । କୃଷିଜାତ ଦ୍ରବ୍ୟର ଅଭାବୀ ବିକ୍ରିଠାରୁ ମଣ୍ଡି ଅବ୍ୟବସ୍ଥା, ଜଳସେଚନ କ୍ଷେତ୍ରରେ ନୈରାଶ୍ୟଜନକ ସ୍ଥିତି, ଫସଲ ସଂରକ୍ଷଣ ପାଇଁ ଶୀତଳଭଣ୍ଡାର ଓ ଶସ୍ୟ ସଂଗ୍ରହ ପାଇଁ ଗୋଦାମ ଘର ନଥିବା ଅତ୍ୟନ୍ତ ଦୁର୍ଭାଗ୍ୟର ବିଷୟ । ଉଭୟ ସରକାର ୨୦୨୨ ସୁଦ୍ଧା ଚାଷୀର ଆୟ ଦ୍ୱିଗୁଣା କରିବା ପାଇଁ ୫ ବର୍ଷ ତଳୁ ଡିଣ୍ଡିମ ପିଟୁଥିବା ବେଳେ ଜାତୀୟ ସ୍ତରରେ ଚାଷୀର ମାସିକ ଆୟ ୧୦ ହଜାର ଟଙ୍କା ଥିବାବେଳେ ଓଡ଼ିଶାର ଚାଷୀଙ୍କ ମାସିକ ଆୟ ବର୍ତ୍ତମାନ ମାତ୍ର ୫୧୧୨ଟଙ୍କା । ସରକାର କାଳିଆ ଓ ପିଏମ୍ କିଷାନ ଯୋଜନାରେ କୃଷକଙ୍କ ପାଇଁ ସାମୟିକ ସହାୟତା ଦେଉଥିବା ବେଳେ ଏଥିରେ ଚାଷୀକୁଳର ବିକାଶ ହେଉ ନାହିଁ ବୋଲି ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧକ୍ଷ ଅମିୟ କୁମାର ପଟ୍ଟନାୟକ କହିଛନ୍ତି ।

ବିପର୍ଯ୍ୟସ୍ତ କୃଷି କ୍ଷେତ୍ରରେ ଉନ୍ନତି ଆଣିବାକୁ ହେଲେ ଦୀର୍ଘସ୍ଥାୟୀ କୃଷି ଭିତ୍ତିଭୂମିର ସୁଦୃଢ଼ ହେବା ଏକାନ୍ତ ଜରୁରୀ । ଯଥା - ଉତ୍ପାଦିତ କୃଷିଜାତ ଦ୍ରବ୍ୟରେ ଚାଷୀଙ୍କୁ ଉଚିତ୍ ମୂଲ୍ୟ ପ୍ରଦାନ, ଠିକଣା ସମୟରେ ବିହନ, ସାର, କୃଷିଋଣ ଓ ଫସଲବୀମା କ୍ଷତିପୂରଣ ସହାୟତା ରାଶି ଯୋଗାଇବା ସହ ସଶକ୍ତ ମଣ୍ଡି ବ୍ୟବସ୍ଥା, ସଂରକ୍ଷଣ ପାଇଁ ଶୀତଳଭଣ୍ଡାର, କୃଷିଭିତ୍ତିକ ଶିଳ୍ପ ଯଥା- ତେଲ କଳ, ସୂତା କଳ, ଆଖୁ କଳ, ଖାଦ୍ୟ ପ୍ରସ୍ତୁତି ଓ ପ୍ରକ୍ରିୟାକରଣ ସହ କୃଷିଜାତ ଦ୍ରବ୍ୟ ରପ୍ତାନୀ ବ୍ୟବସ୍ଥା କରାଯିବା ଆବଶ୍ୟକ । ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ଓ ପ୍ରତିଶ୍ରୁତି ଅନୁଯାୟୀ କାଳିଆ ଯୋଜନାରେ ରାଜ୍ୟର ୭୫ ଲକ୍ଷ ଚାଷୀ ଅନ୍ତର୍ଭୁକ୍ତ ହେବା କଥା, ହେଲେ ବର୍ତ୍ତମାନ ୫୩ ଲକ୍ଷ ଚାଷୀଙ୍କୁ କାଳିଆ ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି । ରାଜ୍ୟ ସରକାର ବର୍ଷକୁ ଦୁଇଟି କିସ୍ତିରେ ଚାଷୀଙ୍କୁ ୧୦ ହଜାର ଟଙ୍କା ସହାୟତା ଦେବାପାଇଁ ଘୋଷଣା କରିଥିବା ବେଳେ ଏବେ ଦୁଇଟି କିସ୍ତିରେ ମୋଟ ୪ ହଜାର ଟଙ୍କା ଦେଉଛନ୍ତି । ଅନୁରୂପ ଭାବେ କେନ୍ଦ୍ର ସରକାର ତିନୋଟି କିସ୍ତିରେ ବର୍ଷକୁ ୬ ହଜାର ଦେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ । କିନ୍ତୁ ଏବେ ଓଡ଼ିଶାର ୭୫ ଲକ୍ଷ ଚାଷୀଙ୍କ ମଧ୍ୟରୁ ୩୯ ଲକ୍ଷ ଚାଷୀଙ୍କୁ ପିଏମ କିଷାନରେ ଅନ୍ତର୍ଭୁକ୍ତ କରିଛନ୍ତି । ତେବେ ରାଜ୍ୟର ଆଉ ୨୨ ଲକ୍ଷ ଏବଂ କେନ୍ଦ୍ରର ୩୬ ଲକ୍ଷ ଚାଷୀଙ୍କୁ ଅନ୍ତର୍ଭୁକ୍ତ କରିନାହାନ୍ତି କାହିଁକି ବୋଲି ଶ୍ରୀ ପଟ୍ଟନାୟକ ଉଭୟ ସରକାରଙ୍କଠାରେ ଶ୍ୱେତପତ୍ର ପ୍ରକାଶ ପାଇଁ ଦାବୀ କରିଛନ୍ତି । ବିଜେଡ଼ି ସରକାରର ୨୨ ବର୍ଷ ଶାସନକାଳ ମଧ୍ୟରେ ରାଜ୍ୟରେ ବଡ଼ଚାଷୀ, କ୍ଷୁଦ୍ର ଓ ମଧ୍ୟମ, ନାମମାତ୍ର, ଭାଗଚାଷୀ, କୃଷି ଶ୍ରମିକ ଓ କୃଷିଜୀବି ମହିଳାଙ୍କ ସଂଖ୍ୟା କେତେ ଏହାର ତାଲିକା ପ୍ରସ୍ତୁତ କରାଯାଇପାରିଲା ନାହିଁ । ରାଜ୍ୟର ମୋଟ ଜନସଂଖ୍ୟାର ୭୦ ପ୍ରତିଶତ ହେଲେ ଚାଷୀ । ତଦନୁଯାୟୀ ସରକାର ବାଦ୍ ପଡ଼ିଥିବା ଚାଷୀଙ୍କୁ କାଳିଆ ଏବଂ ପିଏମ୍ କିଷାନ ଯୋଜନାରେ ତୁରନ୍ତ ଅନ୍ତର୍ଭୁକ୍ତ କରିବା ସହ ବାସ୍ତବ କ୍ଷେତ୍ରରେ ଚାଷୀର ଆୟ ବୃଦ୍ଧି ପାଇଁ ଏକ ଦୀର୍ଘସ୍ଥାୟୀ ବ୍ୟବସ୍ଥା କରିବାକୁ ଦାବୀ କରିଛନ୍ତି । ନଚେତ୍ ଆଗାମୀ ଦିନରେ କିଷାନ କଂଗ୍ରେସ ପକ୍ଷରୁ ଉଭୟ ସରକାରଙ୍କ ବିରୁଦ୍ଧରେ ଚାଷୀ ଆନ୍ଦୋଳନ ମୁଣ୍ଡ ଟେକିବ ବୋଲି ଅଧକ୍ଷ ଶ୍ରୀ ପଟ୍ଟନାୟକ ସରକାରଙ୍କୁ ଚେତାବନୀ ଦେଇଛନ୍ତି ।

## ଲୁହା ପ୍ଲେଟ ଚୋରି ଅଭିଯୋଗରେ ଜଣେ ଗିରଫ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଜେନାପୁର ଥାନା ଅନ୍ତର୍ଗତ ବାଲିକୁଦିଆ ଠାରେ ନିର୍ମାଣାଧିନ ମେଗା ପାନୀୟ ଜଳ ପ୍ରକଳ୍ପରୁ ଲୁହାପ୍ଲେଟ୍ ଚୋରୀ ଘଟଣାରେ ପୁଲିସ ଜଣକୁ ଗିରଫ କରିଛି । ଗିରଫ ଅଭିଯୁକ୍ତ ବାଲିକୁଦିଆ ଅଂଚଳର ପ୍ରଦୀପ ମଲିକ ବୋଲି ଜଣାଯାଇଛି । ସୂଚନା ମୁତାବକ ଗତକାଲି ରାତିରେ କିଛି ଦୁର୍ବୃତ ବାଲିକୁଦିଆ ଠାରେ ନିର୍ମାଣାଧିନ ମେଗାପାନୀୟ ଜଳ ଯୋଗାଣ ପ୍ରକଳ୍ପ ସାଇଟରେ ପସି ଲୁହା ପ୍ଲେଟ ଚୋରୀ କରିନେଇଥିଲେ । ଏନେଇ କମ୍ପାନୀର କର୍ମଚାରୀ ଚନ୍ଦନ କୁମାର ଧଳ ଥାନାରେ ଅଭିଯୋଗ କରିଥିଲେ । ପୁଲିସ ୨୪୫/୨୨ରେ ଏକ କେଶ ରୁଜୁ କରି ତଦନ୍ତ ଚଳାଇ ବାଲିକୁଦିଆ ଗ୍ରାମର ପ୍ରଦୀପକୁ ଗିରଫ କରିବା ସହ ତା' ନିକଟରୁ ଚୋରୀ ହୋଇଥିବା ୮୦ କେଜି ଲୁହା ପ୍ଲେଟ ଜବତ କରିଛି । ଅଭିଯୁକ୍ତ ପ୍ରଦୀପକୁ ଚଣ୍ଡିଖୋଲ କୋର୍ଟକୁ ଚାଲାଣ କରାଯାଇଛି ଏବଂ ଏହି ଚୋରୀ ଘଟଣାରେ ସମ୍ପୃକ୍ତ ଅନ୍ୟମାନଙ୍କୁ ଖୁବ ଶିଘ୍ର ଗିରଫ କରାଯିବ ବୋଲି ଥାନା ଅଧିକାରୀ ଉମାକାନ୍ତ ନାୟକ ସୂଚନା ଦେଇଛନ୍ତି ।

## ଭାଉଜଙ୍କୁ ଅସଦାଚରଣ, ଦିଅର ଗିରଫ

ଧର୍ମଶାଳା (ପିଏନ୍): ନିଜ ଭାଉଜଙ୍କୁ ଅସଦାଚରଣ ଓ ଝିଆରୀକୁ ମାଡ଼ମାରିବା ଅଭିଯୋଗରେ ଧର୍ମଶାଳା ଥାନା ଅନ୍ତର୍ଗତ ସୁନ୍ଦୁରିଆ ଗ୍ରାମର ସେକ୍ ସମଦ୍ (୨୭)କୁ ପୁଲିସ୍ ଗିରଫ କରିଛି । ଭାଉଜଙ୍କ ଏତଲାକ୍ରମେ ଏକ ମାମଲା ରୁଜୁ କରି ପୁଲିସ୍ ଦିଅର ସମଦ୍‌କୁ ଚଣ୍ଡିଖୋଲ କୋର୍ଟ ଚାଲାଣ କରିଛି । ଜାମିନ୍ ନାମଂଜୁର ହେବାରୁ ସମଦ୍‌କୁ ରଗଡ଼ି ବିଚାର ବିଭାଗୀୟ ଜେଲକୁ ପଠାଇ ଦିଆଯାଇଛି ।

## ୪ ୱାରେଣ୍ଟି ଗିରଫ

ଧର୍ମଶାଳା (ପିଏନ୍): ବିଭିନ୍ନ ମାମଲାରେ ଫେରାର୍ ଥିବା ୪ଜଣ ୱାରେଣ୍ଟିଙ୍କୁ ଧର୍ମଶାଳା ଥାନା ପୁଲିସ୍ ଗିରଫ କରଛି । ଗିରଫ ନରସିଂହପୁର ଗ୍ରାମର ସୁଦର୍ଶନ ସାହୁଙ୍କ ପତ୍ନୀ ଗୀତାଂଜଳି ସାହୁ, ପୁଅ ସିପୁନ୍ ସାହୁ, ନେଉଳପୁର ଗ୍ରାମର ସେକ୍ ନଇମତ୍ ଓ ମହମ୍ମଦ ଇବ୍ରାହିଲ୍‌ଙ୍କୁ ପୁଲିସ୍ ଗତକାଲି ଚଣ୍ଡିଖୋଲ ଚାଲାଣ କରିଥିବା ଜଣାପଡ଼ିଛି ।

## ଟିପର ଚୋରି ଅଭିଯୋଗ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଜେନାପୁର ଥାନା ଅନ୍ତର୍ଗତ ବାରକଣା ଗାଁ ନିକଟରୁ ଏକ ଟିପର(ଟ୍ରକ୍) ଗାଡି ଚୋରୀ ହୋଇଥିବା ନେଇ ଜେନାପୁର ଥାନାରେ ଅଭିଯୋଗ ହୋଇଛି । ସୂଚନା ମୁତାବକ ବାରକଣା ଗ୍ରାମର ମୋହନ ସାହୁଙ୍କ ପୁଅ ଚଲାଉଥିବା ଓଆର ୦୪-ଇ-୧୩୧୮ ନଂ ଟିପର ଗାଡିକୁ ଗତକାଲି ତାଙ୍କପୁଅ ଗାଁ ନିକଟରେ ରଖି ରାତିରେ ଘରେ ଶୋଇପଡିଥିବା ବେଳେ କେହି ଦୁର୍ବୃତ ରାତିରେ ଟିପରଟିକୁ ଚୋରୀ କରିନେଇଥିବା ସକାଳେ ଜଣାପଡିଥିଲା । ଏନେଇ ମୋହନ ଜେନାପୁର ଥାନାରେ ଅଭିଯୋଗ କରିଛନ୍ତି । ଅଭିଯୋଗ ପାଇ ଜେନାପୁର ପୁଲିସ ଘଟଣାର ତଦନ୍ତ ଚଳାଇଛି ।

# ସତ୍‌ସଙ୍ଗର ଆହ୍ୱାନ-ସମ୍ପ୍ରଦାୟ ନିରପେକ୍ଷ ଧର୍ମପ୍ରାଣ ଭାରତ





ସତ୍‌ସଙ୍ଗର ପ୍ରାଣପୁରୁଷ ଯୁଗପୁରୁଷୋତ୍ତମ ଭଗବାନ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ତାଙ୍କର ସ୍ୱହସ୍ତ ଲିଖିତ ପବିତ୍ର ଗ୍ରନ୍ଥ ସତ୍ୟାନୁସରଣରେ ଭାରତବାସୀଙ୍କୁ ଆହ୍ୱାନ ଜଣାଇଲେ-ଅର୍ଥ, ମାନ, ଯଶ ଇତ୍ୟାଦି ପାଇବା ଆଶାରେ ମୋତେ ଠାକୁର ସଜାଇ ଭକ୍ତ ହୁଅନାହିଁ, ସାବଧାନ ହୁଅ - ଠକିଯିବ; ତୁମର ଠାକୁରତ୍ୱ ଜାଗ୍ରତ ନହେଲେ କେହି ତୁମର କେନ୍ଦ୍ର ବି ନୁହଁନ୍ତି, ଠାକୁର ବି ନୁହଁନ୍ତି - ଫାଙ୍କି ଦେଲେ ତାହା ହିଁ ପାଇବ । ଭାରତର ଅବନତି ସେହି ସମୟରୁ ଆରମ୍ଭ ହୋଇଛି ଯେଉଁ ସମୟରୁ ଭାରତବାସୀଙ୍କ ପାଖରେ ଅମୂର୍ତ୍ତ ଭଗବାନ ଅସୀମ ହୋଇ ଉଠିଛନ୍ତି - ଋଷିଙ୍କୁ ବାଦ ଦେଇ ଋଷି ବାଦର ଉପାସନା ଆରମ୍ଭ ହୋଇଛି । ଭାରତ ! ଯଦି ଭବିଷ୍ୟତ କଲ୍ୟାଣକୁ ଆବାହନ କରିବାକୁ ଚାହଁ, ତେବେ ସମ୍ପ୍ରଦାୟଗତ ବିରୋଧ ଭୁଲି, ଜଗତର ପୂର୍ବ ପୂର୍ବ ଗୁରୁମାନଙ୍କ ପ୍ରତି ଶ୍ରଦ୍ଧାସମ୍ପନ୍ନ ହୁଅ - ଆଉ ତୁମର ମୂର୍ତ୍ତ ଓ ଜୀବନ୍ତ ଗୁରୁ ବା ଭଗବାନଙ୍କ ପ୍ରତି ଆସକ୍ତ ହୁଅ, ଏବଂ ସେହି ମାନଙ୍କୁ ହିଁ ସ୍ୱୀକାର କର ଯେଉଁମାନେ ତାଙ୍କୁ ଭଲ ପାଆନ୍ତି । କାରଣ ପୂର୍ବବର୍ତ୍ତୀଙ୍କୁ ଅଧିକାର କରିହିଁ ପରବର୍ତ୍ତୀଙ୍କର ଆବିର୍ଭାବ । ସମଗ୍ର ମାନବ ଜାତିକୁ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ଆହ୍ୱାନ ଦେଇ କହିଲେ - ସର୍ବପ୍ରଥମ ଆତ୍ମମାନଙ୍କୁ ଦୁର୍ବଳତା ବିରୁଦ୍ଧରେ ଯୁଦ୍ଧ କରିବାକୁ ହେବ । ସାହସୀ ହେବାକୁ ହେବ, ବୀର ହେବାକୁ ହେବ । ପାପର ଜ୍ୱଳନ୍ତ ପ୍ରତିମୂର୍ତ୍ତି ଏହି ଦୁର୍ବଳତା । ତଡ଼ ଯେତେ ଶୀଘ୍ରପାର ଏହି ରକ୍ତ ଶୋଷଣକାରୀ ଅବସାଦ ଉତ୍ପାଦକ ବାଦୁଡ଼ିକୁ । ସ୍ମରଣ କର ତୁମେ ଶକ୍ତିର ତନୟ, ସ୍ମରଣ କର ତୁମେ ପରମପିତାଙ୍କ ସନ୍ତାନ । ହଟି ଯିବାଟା ବରଂ ଦୁର୍ବଳତା ନୁହେଁ କିନ୍ତୁ ଚେଷ୍ଟା ନକରିବା ହିଁ ଦୁର୍ବଳତା । ତୁମେ କୌଣସି କିଛି କରିବାକୁ ପ୍ରାଣପଣେ ଚେଷ୍ଟା କରି ମଧ୍ୟ ଯଦି ବିଫଳ ମନୋରଥ ହୁଅ, କ୍ଷତି ନାହିଁ ତୁମେ ଛାଡ଼ ନାହିଁ ଏହି ଅମ୍ଳାନ ଚେଷ୍ଟା ହିଁ ତୁମକୁ ମୁକ୍ତି ଆଡ଼କୁ ନେଇଯିବ । ତୁମେ କୁହନା ତୁମେ ଭୀରୁ, କୁହନା ତୁମେ କାପୁରୁଷ, କୁହନା ତୁମେ ଦୁରାଶୟ । ପିତାଙ୍କ ଆଡ଼କୁ ନଜର କର, ଆବେଗଭରେ କୁହ - ହେ ପିତା, ମୁଁ ତୁମରି ସନ୍ତାନ; ମୋର ଆଉ ଜଡ଼ତା ନାହିଁ, ଆଉ ଦୁର୍ବଳତା ନାହିଁ, ମୁଁ ଆଉ କାପୁରୁଷ ନୁହେଁ, ମୁଁ ଆଉ ତୁମକୁ ଭୁଲି ନରକ ଆଡ଼କୁ ଦୌଡ଼ି ଯିବିନାହିଁ, ଆଉ ତୁମର ଜ୍ୟୋତି ଆଡ଼କୁ ପଛକରି ଅନ୍ଧକାର ଅନ୍ଧକାର ବୋଲି ଚିତ୍କାର କରିବି ନାହିଁ । ଜଗତରେ ମଣିଷ ଯେତେ ଯାହା ଦୁଃଖ ପାଏ ତାହାର ଅଧିକାଂଶ ହିଁ କାମିନୀ କାଞ୍ଚନ ପ୍ରତି ଆସକ୍ତିରୁ ଆସେ । ସେ ଦୁଇଟା ପାଖରୁ ଯେତିକି ଦୂରେଇ ରହିବ ସେତିକି ମଙ୍ଗଳ । ପ୍ରତ୍ୟେକଙ୍କ ମା' - ହିଁ ଜଗଜ୍ଜନନୀ । ପ୍ରତ୍ୟେକ ଝିଅ ହିଁ ନିଜ ମା'ର ବିଭିନ୍ନ ରୂପ, ଏହିପରି ଭାବିବାକୁ ହୁଏ । ମାତୃଭାବ ହୃଦୟରେ ପ୍ରତିଷ୍ଠିତ ନ ହେଲେ ସ୍ତ୍ରୀ ଲୋକକୁ ଛୁଇଁବା ଅନୁଚିତ - ଯେତେ ଦୂରେଇ ରହିପାର ସେତେ ଭଲ; ଏପରିକି ମୁଖ ଦର୍ଶନ ନକରିବା ଆହୁରି ଭଲ । ଧର୍ମର ସର୍ବସମନ୍ୱୟୀ ବ୍ୟାଖ୍ୟାରେ ଯୁଗାବତାର ଶ୍ରୀ ଶ୍ରୀ ଠାକୁର କହିଲେ-ଧର୍ମ କେବେହେଲେ ବହୁ ହୁଏନା, ଧର୍ମ ଏକ, ଆଉ ତାର କୌଣସି ପ୍ରକାର ନାହିଁ । ମତ ବହୁତ ହୋଇପାରେ, ଏପରିକି ଯେତେ ମଣିଷ ସେତେ ମତ ହୋଇପାରେ, କିନ୍ତୁ ତାହା ବୋଲି ଧର୍ମ ବହୁତ ହୋଇପାରେ ନାହିଁ । ହିନ୍ଦୁ ଧର୍ମ, ମୁସଲମାନ ଧର୍ମ, ଖ୍ରୀଷ୍ଟିୟାନ ଧର୍ମ, ବୌଦ୍ଧ ଧର୍ମ ଇତ୍ୟାଦି କଥା ମୋ ମତରେ ଭୁଲ, ବରଂ ସେ ସବୁ ଗୁଡ଼ିକ ମତ । କୌଣସି ମତ ସହିତ କୌଣସି ମତର ପ୍ରକୃତ ପକ୍ଷରେ କୌଣସି ବିରୋଧ ନାହିଁ, ଭାବର ବିଭିନ୍ନତା, ପ୍ରକାର ଭେଦ-ଗୋଟିଏକୁ ନାନା ପ୍ରକାରରେ ଏକ ରୂପେ ଅନୁଭବ ।

ସତ୍‌ସଙ୍ଗ ଚାହେଁ ଭାରତ ଏକ ସମ୍ପ୍ରଦାୟ ନିରପେକ୍ଷ ଧର୍ମପ୍ରାଣ ରାଷ୍ଟ୍ର ହେଉ । ଆମେ କଂଗ୍ରେସ ମୁକ୍ତ ଭାରତ ଚାହୁଁନା, ବା ସଂଘ ମୁକ୍ତ ଭାରତ ଚାହୁଁନା । ଆମେ ଚାହୁଁ ସମ୍ପ୍ରଦାୟ ନିରପେକ୍ଷ ଧର୍ମପ୍ରାଣ ଭାରତ । ଯୁଗପୁରୁଷ ଶ୍ରୀ ଶ୍ରୀ ଠାକୁର ଉଦାତ୍ତ କଣ୍ଠରେ ଗାଇ ଉଠିଲେ - 'ଆର୍ଯ୍ୟ ଭାରତ ବର୍ଷ ମୋର, ଜ୍ଞାନ ଗରିମା ଗରବିନୀ, ଦ୍ୟୁତିପ୍ରେକ୍ଷା ସ୍ଫୁରକ ପ୍ରଜ୍ଞା, ଦ୍ୟୁଲୋକ ଦୀପକ ମାଳିନୀ, ରକ୍ତ ତପନ କ୍ଷିପ୍ତ ଆଲୋକ, ରଶ୍ମି ପୁଲକ ଝଲକ ଝଲକ, ଦୀପ୍ତ ରିକ୍ତ ପାବକ ଅନଘ, ମୃତ୍ୟୁ ବିଜୟ ଦାୟିନୀ ! ହୋମର ଅନଳ ନାଚେ ଛଳ ଛଳ, ବହେ ସରସ୍ୱତୀ ସିନ୍ଧୁ ପ୍ରବଳ, ଦୃଷଦ୍ୱତୀ ଦେଲା ଅର୍ଘ୍ୟ ଆଂଚଳ, ସ୍ଫୁରିତ ଇନ୍ଦୁ ସ୍ମିତ ଟଳ ଟଳ, ଚଲେ ଭାଗିରଥୀ ଡାକେ କଳକଳ, ସାଗର ଧୌତ ଚରଣ ଯୁଗଳ, ତୁଙ୍ଗ ଧବଳ କିରୀଟିନୀ, ଅଯୁତ ରଶ୍ମି ଦୀପ୍ତ କେନ୍ଦ୍ର, ପୁରୁଷୋତ୍ତମ ଚିର ଅତନ୍ଦ୍ର, ଜାଗେ ଆହ୍ୱାନ ବିପୁଳ ମନ୍ଦ୍ର, ଅମର ଲପନା ଜୀବନ ସାନ୍ଦ୍ର, ଆର୍ଯ୍ୟ ଗରିମା ଗଭୀର ମନ୍ତ୍ର, ଛଳକି ସଞ୍ଚା ଏକଟି ତନ୍ତ୍ର, ଭାରତ ବିଶ୍ୱ ରତାୟିନୀ' । ଶ୍ରୀ ଶ୍ରୀ ଠାକୁର ଅତି ଦୃଢ଼ ଚିତ୍ତରେ ଘୋଷଣା କଲେ - ତୁମେ, ଠିକ୍ ଠିକ୍ ଜାଣ ଯେ, ତୁମେ ତୁମର, ତୁମ ନିଜ ପରିବାରର, ଦଶର ଏବଂ ଦେଶର ବର୍ତ୍ତମାନ ଓ ଭବିଷ୍ୟତ ପାଇଁ ଦାୟୀ ।

**—ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର**
*ସହ-ପ୍ରତିରଦ୍ୱିକ ଓ ବିଭାଗୀୟ ମୁଖ୍ୟ, ହେପାଟୋଲୋଜି ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୯୪୩୭୦୫୧୯୫୭*




## ପଂଚାୟତ ସ୍ତରିୟ ଅଭିଯୋଗ ଶୁଣାଣି ଅନୁଷ୍ଠିତ

ଜୟପୁର, (ପି.ଏନ): ଜୟପୁର ବ୍ଲକ ଅନ୍ତର୍ଗତ ଫାମ୍ପୁଣି ଠାରେ ପଂଚାୟତ ସ୍ତରିୟ ଅଭିଯୋଗ ଓ ଜନ ଶୁଣାଣି, ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଛି । ଏହି ଅଭିଯୋଗ ଶୁଣାଣିରେ ବିଡିଓ ରାଜୀବ ଦାସ, ଏବିଡିଓ ମନୋଜ ନାୟକ, ବ୍ଲକ ସମାଜିକ ସୁରକ୍ଷା ଅଧିକାରି କେ.ଏସ.ନିଶା, ଏପିଓ ମାନସ ରଞ୍ଜନ କର, ସରପଂଚ, ସମିତି ସଭ୍ୟା, କନିଷ୍ଠ ଯନ୍ତ୍ରୀ, ପିଇଓ, ଜିଆରଏସ ସ୍ୱାସ୍ଥ୍ୟ ବିଭାଗ, ଆଇସିଡିଏସ ହଟିକଲଚର, କୃଷି ବିଭାଗ ଅନ୍ୟ ଲାଇନ ର ଅଧିକାରି ମାନେ ଉପସ୍ଥିତ ଥିଲେ । ବିଭିନ୍ନ ମୌଳିକ ସମସ୍ୟା ଅଭିଯୋଗର ଶୁଣାଣି ହୋଇଥିଲା । ଏଥିରେ ପଂଚାୟତର ବିଭିନ୍ନ ଗ୍ରାମର ଗ୍ରାମବାସୀ ଉପସ୍ଥିତ ଥିଲେ । ଗ୍ରାମବାସୀ ମାନେ ବିଭାଗର ଅଧିକାରି ମାନଙ୍କୁ ସମସ୍ୟା ଅଭିଯୋଗ ଜଣାଇଥିଲେ । ନୂତନ ରାସ୍ତା, ରାସ୍ତା ମରାମତି, ପାନୀୟ ଜଳ ସମସ୍ୟା ସମାଧାନ ଆଦି ଉପରେ ଅଭିଯୋଗ କରାଯାଇଥିଲା ।ଏଠାରେ ପିଇଓ, ଜିଆରଏସଏସ, ଯୋଗାଣ ସହାୟକ, ବିଭିନ୍ନ ବିଭାଗର ବ୍ଲକ ସ୍ତରୀୟ ଅଧିକାରି ଅଙ୍ଗନବାଡୀ କର୍ମି, ଆଶା, ଏଏନଏମ ପ୍ରମୁଖ ଉପସ୍ଥିତ ଥିଲେ। ଏଠାରେ ରାବଣାଗୁଡା ସିଏଚସି ତରଫରୁ ମାଗଣା ସ୍ୱାସ୍ଥ୍ୟ ପରୀକ୍ଷା କରିବା ସହ ଔଷଧ ପ୍ରଦାନ କରାଯାଇଥିଲା ।

## ୪ର୍ଥ କନ୍ଧମାଳ ଜିଲ୍ଲା ତାଇକୋଣ୍ଡୋ ପ୍ରତିଯୋଗିତା ଓ ଅନ୍ତର୍ଜାତୀୟ ତାଇକୋଣ୍ଡୋ ମାଷ୍ଟରଙ୍କୁ ସମ୍ବର୍ଦ୍ଧନା

କନ୍ଧମାଳ, (ପି.ଏନ): ଫୁଲବାଣୀ ସ୍ଥିତ ଜିଲ୍ଲା କ୍ରୀଡା ଇଣ୍ଡୋର ହଲ ଠାରେ ଫୁଲବାଣୀ ମାର୍ଶାଲ ଆର୍ଟ୍ସ ଏକାଡେମୀ ଓ କନ୍ଧମାଳ ଜିଲ୍ଲା ତାଇକୋଣ୍ଡୋ ସଂଘର ମିଳିତ ଆନୁକୁଲ୍ୟରେ ୪ର୍ଥ କନ୍ଧମାଳ ଜିଲ୍ଲା ତାଇକୋଣ୍ଡୋ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଏହି ପ୍ରତିଯୋଗିତା ଦୁଇଟି ବିଭାଗରେ, କିରୋଗୀ ଓ ପୁଂସି ପ୍ରତିଯୋଗିତାରେ ହେଉଅଛି । ସର୍ବ କନିଷ୍ଠ (୫-୧୧ବର୍ଷ), କ୍ୟାଡେଟ (୧୨-୧୪ବର୍ଷ), କନିଷ୍ଠ (୧୫-୧୭ବର୍ଷ) ଓ ବରିଷ୍ଠ ବର୍ଗ ୧୮ ବର୍ଷ ଓ ଉର୍ଦ୍ଧ୍ୱ ବୟସର ପ୍ରତିଯୋଗୀ ଅଂଶ ଗ୍ରହଣ କରୁଛନ୍ତି । କନ୍ଧମାଳ ଜିଲାରୁ ଶହେରୁ ଉର୍ଦ୍ଧ ବାଳକ ଓ ବାଳିକା ପ୍ରତିଯୋଗି ଅଂଶଗ୍ରହଣ କରୁଛନ୍ତି । ଜାତୀୟ ରେଫରୀ ଏମ. ରିତିକ ରଞ୍ଜନ ମହାପାତ୍ର ଓ ଶିବାନନ୍ଦ ରୟଗୁରୁ ଏହି ପ୍ରତିଯୋଗିତା ପରିଚାଳନା କରିବା ପାଇଁ ଓଡିଶା ଟାଏକୋଣ୍ଡୋ ସଂଘ ଦ୍ୱାରା ନିଯୁକ୍ତି କରାଯାଇଛନ୍ତି ।

## ଆନ୍ତଃ ବିଶ୍ୱାସୀ ପରିଭସା ଭିତ୍ତିକ କର୍ମଶାଳା




ଭୁବନେଶ୍ୱର : ଆନ୍ତଃ ବିଶ୍ୱାସୀ ପରିଭସା ଭିତିକ କର୍ମଶାଳା ୱାଇଏମ୍‌ସିଏ ପରିସରରେ ଅନୁଷ୍ଠିତ ହେଇଯାଇଛି । ଏହି କର୍ମଶାଳାରେ ୱାଇଏମ୍‌ସିଏ ଯୁବା ଗ୍ରୁପ୍ ପକ୍ଷରୁ ପ୍ରରମ୍ଭିକ ସଂଗୀତ ଗାନ ପରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ ୱାଇଏମ୍‌ସିଏ ସାଧାରଣ ସମ୍ପାଦକ ସୁଧାଂଶୁ ଶେଖର ନାୟକ ପ୍ରାରମ୍ଭିକ ଉଦ୍‌ବୋଧନ ପ୍ରଦାନ କରିବା ସହ ନିଜର ବକ୍ତବ୍ୟ ପ୍ରଦାନ କରିଥିଲେ । ଶ୍ରୀ ନାୟକ କହିଥିଲେ ଯେ, ନିଜ ଧର୍ମର ମୌଳିକତା ସହିତ ସ୍ୱାଭିମାନ ସହିତ ସ୍ୱାଧୀନ ମତବ୍ୟକ୍ତ କରି ସଂମାନ ଜଣାଇବା ଉଚିତ । ଯଦ୍ୱାରା ବିଶ୍ୱସ୍ତରରେ ଭାଇଚାରାର ନୂତନ ଅଧ୍ୟାୟ ସୃଷ୍ଟି ହେବ । ସମାଜରେ ମୌତୃତ୍ୱ ଗଢିଉଠବ । ପରିବର ଠାରୁ ଆରମ୍ଭ ହୋଇ ବିଶ୍ୱ ସ୍ତରରେ ବ୍ୟାପି ଚାଲିବ । ଦ୍ୱନ୍ଦ ବିଦୋଷ ହିଂସା ଧୀରେ ଅପସରି ଯିବ । ଆମ ଜୀବନରେ ଶାନ୍ତି ପ୍ରତିଷ୍ଠା ହେଇ ଜୀବନ ମଧୁମୟ ହେବାକୁ ଲାଗିବ । ଉକ୍ତ କାର୍ଯ୍ୟକ୍ରମରେ ଆରତ ବସ୍ ନିର୍ଦ୍ଦେଶକ ମାଷ୍ଟର ପିସ୍ ଗ୍ଲୋବାଲ ନେଦର ଲ୍ୟାଣ୍ଡ ପ୍ରାରମ୍ଭିକ ଓ ସୂଚନା ପ୍ରଦାନ କରିବା ସହ ଶାନ୍ତି ପ୍ରତିଷ୍ଠା ପାଇଁ ସାମୂହିକ ଉଦ୍ୟମ ଜରୁରୀ ବୋଲି କହିଥିଲେ । ଶାନ୍ତି ପ୍ରତିଷ୍ଠା ନିମନ୍ତେ ବିକେ ଲିନା ବ୍ରହ୍ମାକୁମାରୀ ଭୁବନେଶ୍ୱର ଏବଂ ନଦିଆ ମୋଗବେଲପର ପ୍ରତିଷ୍ଠାତା ନିର୍ଦ୍ଦେଶକ ବ୍ଲସମ ସ୍କୁଲ ଭୁବନେଶ୍ୱର ବାହାଇ ଧର୍ମ ସମ୍ପର୍କୀତ ସୂଚନା ପ୍ରଦାନ କରିଥିଲେ । ଏଥିରେ ଆଞ୍ଜିଲିୟସ୍ ମିଜାଇଲ ଇଣ୍ଡିଆପିସ୍ ସ୍କେର ନାଗପୁର, ହବିବୁଲ ରହେମାନ୍ ଉପଦେଷ୍ଟା ଅଞ୍ଜୁମାନ୍ ଇସିଲାମୀ ସୋସାଇଟ୍ ଭୁବନେଶ୍ୱର ବରିଷ୍ଠା ସାମ୍ବାଦିକ ଅଶୋକ ପଣ୍ଡା ଧର୍ମକୁ ନେଇ ବିଦ୍ୱେଶ ଓ ଦ୍ୱନ୍ଦ ସୃଷ୍ଟି ନ କରିବା ପାଇଁ ପରାମର୍ଶ ଦେଇଥିଲେ । ମାଷ୍ଟର ପିସ୍ ଇଣ୍ଡିଆ ଦେଶ ସଂଯୋଜକ ଡଃ ମନୋରଞ୍ଜନ ମିଶ୍ର ଧନ୍ୟବାଦ୍ ଅର୍ପଣ କରିଥିଲେ । ଓଡିଶୀ ଡ୍ୟାନ୍ସ ଗ୍ରୁପ୍‌ର ୱାଇଏମ୍‌ସିଏ ପକ୍ଷରୁ ମମତା ଦାସ ନିଜର ଗ୍ରୁପ୍‌ଙ୍କ ସହ ନୃତ୍ୟ ପରିବେଷଣ କରାଯାଇଥିଲା । ଏଠାରେ ସୂଚନାଯୋଗ୍ୟ ଯେ, ୱାଇଏମ୍‌ସିଏ ରାଜ୍ୟର ଏକ ଅଗ୍ରଣୀ ସ୍ୱେଚ୍ଛସେବୀ ଅନୁଷ୍ଠାନ ଭାବେ ବିଭିନ୍ନ କାର୍ଯ୍ୟକ୍ରମ ହାତକୁ ନେଇ ସୂଚାରୁ ରୂପେ ସମ୍ପାଦନ କରିଥିଲେ ।

## ଉଲୁଣ୍ଡା ବ୍ଲକରେ ଜିଲ୍ଲାପାଳ ଓ ଆରକ୍ଷୀ ଅଧିକ୍ଷକଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର : ବିଭିନ୍ନ ୪୨ ଗୋଟି ଅଭିଯୋଗ ଦରଖାସ୍ତ ଗ୍ରହଣ

ସୁବର୍ଣ୍ଣପୁର, (ପି.ଏନ): ସୁବର୍ଣ୍ଣପୁର ଜିଲ୍ଲା ଉଲୁଣ୍ଡା ବ୍ଲକ ସ୍ତରୀୟ ମିଳିତ ଅଭିଯୋଗ ଶୁଣାଣି ଓ ଉପଶମ ଶିବିର ବ୍ଲକ ସମ୍ମିଳନୀ କକ୍ଷ ଠାରେ ଆଜି ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ବିମଳେନ୍ଦୁ ରାୟ ଓ ଆରକ୍ଷୀ ଅଧିକ୍ଷକ ଅମରେଶ ପଣ୍ଡା ଯୁଗ୍ମ ଅଭିଯୋଗ ଶୁଣାଣି ଶିବିରରେ ଯୋଗଦାନ କରି ଜନସାଧାରଣଙ୍କ ବିଭିନ୍ନ ଆପତି ଓ ସମସ୍ୟା ନିହିତ ୪୨ ଗୋଟି ପଞ୍ଜିକୃତ ଅଭିଯୋଗ ଦରଖାସ୍ତ ଗ୍ରହଣ କରିଥିଲେ । ତନ୍ମଧ୍ୟରେ ବ୍ୟକ୍ତିଗତ ଦରଖାସ୍ତ ୨୫ ଗୋଟି ଗ୍ରହଣ କରାଯାଇଥିବା ବେଳେ ୧୭ଟି ସାମୁହିକ ଦରଖାସ୍ତ ଗ୍ରହଣ କରାଯାଇଛି । ୯ ଗୋଟି ଦରଖାସ୍ତର ତୁରନ୍ତ ସମାଧାନ କରାଯାଇଥିବା ବେଳେ ଅନ୍ୟ ଦରଖାସ୍ତ ଗୁଡିକୁ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ସମାଧାନ କରିବା ପାଇଁ ସମ୍ପୃକ୍ତ ବିଭିନ୍ନ ବିଭାଗର ବିଭାଗୀୟ ଅଧିକାରୀଙ୍କୁ ପ୍ରଦାନ କରାଯାଇଛି । ମୁଖ୍ୟମନ୍ତ୍ରୀ ସହାୟତା ପାଣ୍ଠିରୁ ସହାୟତା ପାଇଁ କ୍ଷମାଲୋଇ ଗ୍ରାମପଂଚାୟତ ଅନ୍ତର୍ଗତ ସିନ୍ଧ୍ରିଆବାହାଲର ନଳିନୀ କୁମ୍ଭାରଙ୍କ ଦରଖାସ୍ତ ଗ୍ରହଣ କରାଯାଇଥିବା ବେଳେ ଶିବିରରେ ଉଲୁଣ୍ଡା ବ୍ଲକ ଅନ୍ତର୍ଗତ ବିଭିନ୍ନ ଗ୍ରାମପଂଚାୟତର ୧୨ ଜଣ ଯୋଗ୍ୟ ହିତାଧିକାରୀ - ସୀତା ପେରା, ଠାକୁର ମହାନନ୍ଦ, ଶମ୍ଭୁ ବାଦୀ, କୁମାରୀ ବେସ୍ରା, ଦେବକୀ ସେଠୀ, ମାଧବୀ ପରଡିଆ, ସୀତା ସେଠୀ, ଘରଜୁଗୀ ସେଠୀ, ହେମକାନ୍ତି ସେଠ, ମୀରା ବେଦବାକ, ଯଜ୍ଞ ବାଗ ଓ ବିନୋଦ ବିହାରୀ ନନ୍ଦ ପ୍ରମୁଖଙ୍କୁ ଜିଲ୍ଲା ସାମାଜିକ ସୁରକ୍ଷା ବିଭାଗ ତରଫରୁ ମଧୁବାବୁ ପେନସନ ଯୋଜନା ମାଧ୍ୟମରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଥମ କିସ୍ତି ଭତା ପ୍ରଦାନ କରାଯାଇଥିଲା । ଉଲୁଣ୍ଡା ବିଡିଓ କରିଶ୍ମା ବେଶ୍ରାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଯୁଗ୍ମ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମରେ ଜିଲ୍ଲା ଅତିରିକ୍ତ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ସନତ କୁମାର ନାୟକ, ଉପଜିଲ୍ଲାପାଳ ବୀରମହାରାଜପୁର ଅଶୋକ କୁମାର ଭୋଇ, ଅବକାରୀ ଆରକ୍ଷୀ ଅଧିକ୍ଷକ ସୁମତି ତ୍ରିପାଠୀ, ଏସଡିପିଓ ବୀରମହାରାଜପୁର ଢ଼ୋଲାମଣୀ ଭୋଇ, ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ସୁରେଶ ପାଣିଗ୍ରାହୀ, ଜିଲ୍ଲା ପଂଚାୟତ ଅଧିକାରୀ ଅର୍ଜୁନ ମାଝୀ, ଜିଲ୍ଲା ମଙ୍ଗଳ ଅଧିକାରୀ ଅଚ୍ୟୁତାନନ୍ଦ ସିଂ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଗୋବିନ୍ଦ ବଲ୍ଲଭ ଷଡ଼ଙ୍ଗୀ, ଜିଲ୍ଲା ଶ୍ରମ ଅଧିକାରୀ ଡିଲେଶ୍ୱର ଖାକା, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ମଞ୍ଜୁଲତା ଭୋଇ, ଜିଲ୍ଲା ସମାଜ ମଙ୍ଗଳ କାର୍ଯ୍ୟକ୍ରମ ଅଧିକାରୀ ଅନିତା ଗୁରୁ, ଉଲୁଣ୍ଡା ପଂଚାୟତ ସମିତି ଅଧକ୍ଷା ଶାନ୍ତିଲତା ମିଶ୍ର, ତହସିଲଦାର ଉଲୁଣ୍ଡା ଦିଲ୍ଲିପ ମାଝିଙ୍କ ସମେତ ବିଭିନ୍ନ ଜିଲ୍ଲା ସ୍ତରୀୟ ଅଧିକାରୀ, ତହସିଲ ଓ ବ୍ଲକ ସ୍ତରୀୟ କର୍ମଚାରୀ, ସାମ୍ବାଦିକ ପ୍ରମୁଖ ଯୋଗଦାନ କରିଥିଲେ ।

## ଟାଟା ପାୱାରର ନିର୍ବାହୀଯନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ଘେରାଉ କଲେ ଠିକା କର୍ମଚାରୀ

ଜୟପୁର, (ପି.ଏନ): ଟାଟା ପାୱାର ଜୟପୁର ଡିଭିଜନ ଅଧିନରେ କାର୍ଯ୍ୟରତ ଠିକା କର୍ମଚାରି ମାନେ ଘେରାଉ କରିଛନ୍ତି । ବାରମ୍ବର ଦାବି କଲେ ମଧ୍ୟ ମଧ୍ୟ ଠିକା ନେଇଥିବା ଠିକା ସଂସ୍ଥା ସମାଧାନ କରୁ ନଥିବାରୁ ଠିକା କର୍ମଚାରୀ ମାନେ ଘେରାଉ କରିଛନ୍ତି । ପ୍ରଥମେ ସରକାରୀ ଉଚ୍ଚ ବିଦ୍ୟାଳୟ ସମ୍ମୁଖରେ ଥିବା ଠିକା ସଂସ୍ଥାର କାର୍ଯ୍ୟାଳୟକୁ ଘେରାଉ କରିଥିଲେ କର୍ମଚାରି । ସେଥିରେ କିଛି ସମାଧାନ ନହେବାରୁ ଟାଟା ପାୱାର ନିର୍ବାହୀଯନ୍ତ୍ରୀଙ୍କ କାର୍ଯ୍ୟାଳୟକୁ ଘେରାଉ କରିଥିଲେ । ଠିକା କର୍ମଚାରି ମାନେ ପ୍ରତ୍ୟେକ ଦିନ ୮ ଘଂଟା ଡ୍ୟୁଟି ଚାର୍ଟ, ଦରମା ମାସର ପ୍ରଥମ ସପ୍ତାହରେ ପ୍ରଦାନ କରିବା, ବକେୟା ପୁଡିଂ ବିଲ ପ୍ରଦାନ କରିବା, ଓଭର ଟାଇମ ଡ୍ୟୁଟି ଏଲାଉନ୍ସ ପ୍ରଦାନ କରିବା, କାର୍ଯ୍ୟରତ ଠିକା କର୍ମଚାରିକୁ କାର୍ଯ୍ୟରୁ ବହିଷ୍କାର ନକରିବା, ବର୍ଷା ଦିନ ଜାରି ରହିଥିବାରୁ ଠିକା କର୍ମଚାରିଙ୍କୁ ରେନ କୋର୍ଟ ପ୍ରଦାନ କରିବା ଫ୍ୟୁଏଲ ବିଲର ପ୍ରଦାନ, ସୁରକ୍ଷାଭିତିକ କାର୍ଯ୍ୟ କରିବା ଦାବିରେ ଘେରାଉ କରାଯାଇଥିଲା । ବିଭାଗୀୟ ଅଧିକାରି ଆଗାମି ଏକ ସପ୍ତାହ ମଧ୍ୟରେ ଏହାର ସମାଧାନ କରିବାକୁ ପ୍ରତିଶ୍ରୁତି ଦେଇଥିଲେ ।

## ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପଞ୍ଚ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପଞ୍ଚାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପଞ୍ଚ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପଞ୍ଚ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପଞ୍ଚ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପଞ୍ଚ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପଞ୍ଚ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବ୍ଣ୍ଟିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଠ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପଞ୍ଚ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପଞ୍ଚ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପଞ୍ଚ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା, ପୂର୍ବତନ ସରପଞ୍ଚ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପଞ୍ଚ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପଞ୍ଚ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

## କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି । ନୂତନ ଲିଜ୍ ପାଇଥିବା କାସ୍‌ଭି ଇଣ୍ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା । ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକର୍ତ୍ତା ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି । ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପଷ ବୁଝାମଣାରେ ନିଷ୍ପତି ନିଆଯିବ ।

## ୮ ସିଫ୍ଟ ଶାଗୁଆନ କାଠ ଜବତ, ଜଣେ ଗିରଫ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲାର କିରିବୁର ସେଲ କଲୋନୀରେ ଶୁକ୍ରବାର ସକାଳ ସମୟରେ ବନବିଭାଗର ଏନଫୋର୍ସମେ୍ଣ୍ଟ ସ୍କ୍ୱାର୍ଡ ଅତର୍କିତ ଚଢାଉ କରି ୪୮ ପିସ୍ ଶାଗୁଆନ କାଠ ଜବତ କରିଛି । ଏସିଏଫ୍ ଅଜୟ କୁମାର ସାହୁଙ୍କ ତତ୍ତ୍ୱାବଧାନରେ ଚମ୍ପୁଆ ରେଞ୍ଜର ଘାସିରାମ ପାତ୍ର,ବଡବିଲ ରେଞ୍ଜର ମାନସ କୁମାର ମୁର୍ମୁ,ମୋବାଇଲ ଫରେଷ୍ଟର ଶଶୀଭୂଷଣ ବାରିକ,ବସନ୍ତ ମୁର୍ମୁଙ୍କ ସମେତ ଅନ୍ୟ ବନ କର୍ମଚାରୀମାନେ କିରିବୁର ସେଲ କଲୋନୀର ଗୌତମ ବାରିକଙ୍କ ଘରେ ଚଢାଉ କରିଥିଲେ । ଚଢାଉବେଳେ ୪୮ ପିସ୍ ଶାଗୁଆନ କାଠ ଜବତ କରାଯାଇଥିଲା, ଯାହାକି ୮ ସିଫ୍ଟ ହେବ ଏବଂ ଏହାର ଆନୁମାନିକ ମୂଲ୍ୟ ୨୫ହଜାର ଟଙ୍କା ହେବ ବୋଲି ଜଣାପଡିଛି ।



## ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି । ଏହା ମୋଟ ୯୦ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି । ବର୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧାନର ଅଂଶବିଶେଷ । ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ । ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍‌ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍‌ସ ସାମିଲ ରହିଛି । ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍‌ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ । ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ । ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ । ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫର୍‌ମାନ ଘୋଷଣା କରିଛି । ଏହି ଅଫର୍‌ଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି । ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି । ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି । ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି । ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି । ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି । ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି । ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ । ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି ।

## କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି । ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ । ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା । ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା । ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍‌ବତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା । ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା । ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି । ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି । ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ । ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି । ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସ୍‌ୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି । ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା । ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି । ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି ।''

## କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରିକ ଅଫର ଓ ସୁବିଧା ଘୋଷଣା କରାଯାଇଛି । ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି । ଋଙ୍ଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲାପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିଫଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ । ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି । ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି । ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଝକ୍ତଙ୍କକ୍ଟସ୍ପ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର । ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ । ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ । ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି । ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଇବାକୁ ଆଶା ରଖିଛୁ । ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି ।




# 'ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର...'



ଶ୍ରୀମଦ୍ ଭାଗବତରେ ନିଜ ଜୀବନ୍ତ ଭଗବାନ ସଦୃଶ ନିଜ ପିତାମାତାଙ୍କ ସେବାକର୍ମ ପ୍ରତି ଉଲ୍ଲେଖ ରହି ଲେଖା ହୋଇଛି - 'ଆଚାର୍ଯ୍ୟ ବ୍ରହ୍ମାର ମୂରତି, ପିତା ପ୍ରତ୍ୟକ୍ଷେ ପ୍ରଜାପତି। ଭ୍ରାତା ଯେ ମୂରତି ଇନ୍ଦ୍ରର, ମାତା ସାକ୍ଷାତ ପୃଥିବୀର। ଅଗ୍ନି ମୂରତି ଅଭ୍ୟାଗତ, ଆତ୍ମାର ମୂର୍ତ୍ତି ସର୍ବଭୂତ। ତାତ ଜନନୀ ଉପକାର, ଶୁଝି କେ ପାରିବ କୁମର। ଗର୍ଭେ ବହନ୍ତି ଦୁଃଖ ସହି, ପୁଣି ପାଳନ୍ତି କ୍ଷୀର ଦେଇ। ସର୍ବ ସମ୍ପଦ ପୁଣି ଦେଇ, ତାହାଙ୍କ ପୋଷଣେ ଜୀଅଇ। ତାହାଙ୍କ ପ୍ରତି ଉପକାରେ, ଶତ ବରଷେ କେହୁ ପାରେ।' ଯାହାଙ୍କଠାରୁ ଆମେ ଜନ୍ମ ନେଇଛନ୍ତି, ଯିଏ ଆମର ସୃଷ୍ଟିକର୍ତ୍ତା, ଯାହାଙ୍କ ଆଶୀର୍ବାଦରୁ ଆମେ ଏଡ଼ିକିଟିଏରୁ ଏଡୁଟିଏ ହେଇଛୁ, ଯିଏ ଆମ ପାଇଁ ପ୍ରତ୍ୟକ୍ଷ ଦେବତା; ସିଏ ହେଉଛନ୍ତି ଆମର ପିତାମାତା। ଏଣୁ - 'ପିତା ନାହିଁ ଯାହାର ସାହା ନାହିଁ ତାର, ପିତା ମାତା ସବୁ କିଛି ପିତାମାତା ପାଦ ଯେ ଜନ ସେବିଛି, ସେହୁଟି ସର୍ବ ଲଭିଛି।' ବାସ୍ତବରେ ପିତାମାତା ହେଉଛନ୍ତି ଆମର ପ୍ରତ୍ୟକ୍ଷ ଦେବତା। ତାଙ୍କର ବାର୍ଦ୍ଧକ୍ୟ ସମୟରେ ତାଙ୍କୁ ହତାଦର କରିବା ବା ଅବମାନନା କରିବା ଅନୁଚିତ। କେବଳ ଯେ ପିତାମାତା ତାହା ନୁହଁନ୍ତି; ସମସ୍ତ ବୟସ୍କ ଆମର ଅଗ୍ରପୂଜ୍ୟ। ସେମାନଙ୍କୁ କୁହାଯାଏ ଶ୍ରେଷ୍ଠ ମାନବ। 'ମା' ଅର୍ଥ ସୃଷ୍ଟି, 'ନବ' ଅର୍ଥ ନୂଆ। ଯାହାଙ୍କ ଠାରୁ ଆମେ ନୂଆ ପ୍ରେରଣା ପାଇଥାଉ। ତେଣୁ ସେ ହେଉଛନ୍ତି ଆମର ସବୁକିଛି। ଆଜିର ଭୋଗସର୍ବସ୍ୱ ସମୟର ମୁହୂର୍ତ୍ତରେ ଆମ୍ଭେମାନେ ପ୍ରାୟତଃ ନିଜ ନିଜ ସ୍ୱାର୍ଥକୁ ପ୍ରାଧାନ୍ୟ ଦେଇ ପଛେଇ ଦେଉଛେ ନିଜ ପିତାମାତାଙ୍କ ସେବାଯତ୍ନକୁ। ଯେଉଁମାନଙ୍କ ଇଚ୍ଛା ଓ ସଂକଳ୍ପର ଫଳସ୍ୱରୂପ ଆମ୍ଭେମାନେ ଆଜି ଏ ଦୁନିଆର ଆଲୋକ ଦେଖିବାକୁ ସମର୍ଥ ହୋଇଛୁ, ଏ ସୁନ୍ଦର ଶରୀର ପାଇଛୁ ଆଉ ପ୍ରତିଟି ମୁହୂର୍ତ୍ତରେ ମାନବୀୟ ମୂଲ୍ୟବୋଧକୁ ଅନୁଭବ କରିଛୁ, କିନ୍ତୁ ସେହିମାନଙ୍କ ଅତୁଳନୀୟ ଓ ଅକଳ୍ପନୀୟ ପ୍ରତିଦାନକୁ ଆମେ ପ୍ରତି ମୁହୂର୍ତ୍ତରେ ଭୁଲିଯାଉଛେ ସତେଯେପରି। ନିକଟରେ କେତେକ ଗଣମାଧ୍ୟମରେ ପ୍ରକାଶ ପାଇଥିବା ଖବର କାଗଜର ତଥ୍ୟ ଅନୁଯାୟୀ କେବଳ ଭାରତରେ ନୁହେଁ ଓଡ଼ିଶାର ବିଭିନ୍ନ ସ୍ଥାନରେ ପିତାମାତାଙ୍କ ପ୍ରତି ନିର୍ଯାତନା ଦେଉଥିବାର ହତଭାଗା ପୁଅ ମାନଙ୍କର କୁକୀର୍ତ୍ତିର ଖବର ପୃଷ୍ଠା ମଣ୍ଡନ କରୁଛି ଯାହାକି ନିଶ୍ଚିନ୍ତ ଭାବରେ ଆମମାନଙ୍କ ମାନବିକତାକୁ ଏକ ଧିକ୍କାର୍। ଏହା ସତ୍ତ୍ୱେ ଆମ୍ଭମାନଙ୍କ ପରି ନିଜକୁ ବ୍ରହ୍ମଜ୍ଞାନୀ ବିଚାର କରୁଥିବା ବୁଦ୍ଧିମାନ ବ୍ୟକ୍ତିମାନେ ଯେ କିପରି ନିଜ ସୁଖ ଓ ସ୍ୱାର୍ଥକୁ ଗୁରୁତ୍ୱ ଦେଇ ଆମର ଜୀବନ୍ତ ଈଶ୍ୱରମାନଙ୍କୁ ହତାଦାର କରୁଛେ ତାହା ଆମ ସମାଜର ଆଇନାରେ ସୁସ୍ପଷ୍ଟ।

ଭାରତର ଶାସ୍ତ୍ର ଓ ପୁରାଣରେ ସ୍ପଷ୍ଟ ଭାବେ ଉଲ୍ଲେଖ ରହିଛି ଯେ ଯେଉଁ ପିଲାମାନେ ନିଜ ବାପାମାଆଙ୍କ ସେବା କରିଥାନ୍ତି ସେମାନେ ସ୍ୱର୍ଗସୁଖର ପୁଣ୍ୟ ପାଇଥାନ୍ତି। କିନ୍ତୁ ଆମ୍ଭେମାନେ ତାକୁ ହେୟଜ୍ଞାନ କରୁଛୁ। ଭାରତରେ ପିତାମାନଙ୍କ ଭରଣପୋଷଣ ହେଉ ବା ସେମାନଙ୍କୁ କୌଣସି ଯନ୍ତ୍ରଣା ବା କଷ୍ଟ ନ ଦେବା ପାଇଁ ବିଭିନ୍ନ ଆଇନରେ ନିର୍ଦ୍ଦେଶନାମା ସ୍ପଷ୍ଟ ଉଲ୍ଲେଖ ରହିଛି। ତାହାସତ୍ତ୍ୱେ ଅଧିକାଂଶ କ୍ଷେତ୍ରରେ ନିର୍ଯାତିତ ହେଉଥିବା ପିତାମାତା-ମାନେ ନିଜ ପିଲାମାନଙ୍କର ଏପରି କ୍ରୁର ବ୍ୟବହାର ଓ ନିର୍ଯାତନା ପାଇ ମଧ୍ୟ ସେମାନଙ୍କ ଭଲ କାମନା କରି କୌଣସି ଅଭିଯୋଗ କରିବାକୁ ଆଗେଇ ଆସିନଥାନ୍ତି। ଏଠାରେ ଏକ ସତ୍ୟ ଘଟଣା ଉପରେ ଆଧାରିତ ଉଦାହରଣଟିଏ ଦେଉଛୁ। ଭୁବନେଶ୍ୱର ମଞ୍ଚେଶ୍ୱର ଥାନା ଅଞ୍ଚଳ ଗାଡ଼କଣରେ ବାସନ୍ତୀ ଆଚାର୍ଯ୍ୟ ରୁହନ୍ତି। ତାଙ୍କ ସ୍ୱାମୀ ଶଶୀକାନ୍ତ ଆଚାର୍ଯ୍ୟ ଓ ସାବତ ପୁଅ ସତ୍ୟଜିତ ଓ ବୋହୂ ରୀତା ଆଚାର୍ଯ୍ୟ, ବାସନ୍ତୀ ଆଚାର୍ଯ୍ୟ ଘରେ ନଥିବାବେଳେ ତାଙ୍କ ତାଲା ଭାଙ୍ଗି ସମସ୍ତ ଆସବାସପତ୍ର ଅକ୍ତିଆର କଲେ। ଇଏ ହେଉଛନ୍ତି ସେହି ସତ୍ୟଜିତ ଯାହାଙ୍କୁ ମଣିଷ କରି ଗଢ଼ି ତୋଳିବା ପାଇଁ ବାସନ୍ତୀ ଦେବୀ ନିଜ ଜୀବନର ମୂଲ୍ୟବାନ ସମୟ ଉତ୍ସର୍ଗ କରିଛନ୍ତି। ଦୁର୍ଭାଗ୍ୟର କଥା ସତ୍ୟଜିତ ଓ ରୀତା ଆଚାର୍ଯ୍ୟ ତାଙ୍କୁ ମାଡ଼ ମାରିବା ସହ ପିଠିରେ ବିଷାକ୍ତ ଛୁଞ୍ଚ ଫୋଡ଼ିଛନ୍ତି। ତେଣୁ ଏଇଠି ଜଣେ ଅନୁଭବ କରନ୍ତୁ ପ୍ରକୃତରେ ମଣିଷ ସନ୍ତାନସନ୍ତତି କାହିଁକି ଜନ୍ମ କରିଥାନ୍ତି? କ'ଣ ପରିଣତ ବୟସରେ ଆହୁରି ଲୁହ ଓ ଲହୁ ପିଇବା ପାଇଁ?

ଆମ୍ଭେମାନେ ଭୁଲି ଯାଉଛେ ଯେ, ଆମେ ଆମ ପରିବାର ଓ ସମାଜ ପାଇଁ ବୋଝ ଭାବୁଥିବା ଆମ ପିତାମାତାଙ୍କ ପ୍ରତି ଆମେ ଯେଉଁପରି ବ୍ୟବହାର ଦେଖାଉଛେ ଠିକ୍ ସେହିପରି ବ୍ୟବହାର ଯେତେବେଳେ ଆମ୍ଭେମାନେ ପରିଣତ ବୟସରେ ଆମ ପିଲାମାନଙ୍କଠାରୁ ପାଇବା ତାହା ଆମ ମାନଙ୍କ ପାଇଁ କିପରି ସହିବାର ଶକ୍ତି ରଖିବ? କେତେକ କ୍ଷେତ୍ରରେ ଦେଖାଯାଇଥାଏ ଯେ, ସମାଜରେ ବୟସ୍କ ନାଗରିକ ମାନଙ୍କ ପାଇଁ ବିଭିନ୍ନ ସ୍ୱତନ୍ତ୍ର ସୁବିଧା, ସୁଯୋଗ ଓ ସହାୟତାର ବ୍ୟବସ୍ଥା ଥିଲେ ମଧ୍ୟ ଏହା କିଛି କ୍ଷେତ୍ରରେ କାଗଜ କଲମରେ ବନ୍ଧା ଆଇନ ପରି ଲାଗୁଛି ଆଉ କେତେକ କ୍ଷେତ୍ରରେ ସ୍ୱାର୍ଥକୁ ଗୁରୁତ୍ୱ ଦିଆଯାଉଥିବାରୁ ଏହି ଆଇନର କୌଣସି ମୂଲ୍ୟ ରହୁନାହିଁ। ଆପଣମାନେ ଅଧିକାଂଶ କ୍ଷେତ୍ରରେ ଦେଖିଥିବେ ଯାତ୍ରା କରୁଥିବା କୌଣସି ବସ୍‌ରେ ବୟସ୍କ ନାଗରିକଙ୍କ ପାଇଁ ସଂରକ୍ଷଣ ଥିବା ସିଟ୍‌ରେ ଯୁବକମାନେ ବସିଥିବେ କିନ୍ତୁ ନିଜ ଭାଗ୍ୟକୁ ଆଦରି ବରଂ ନୀରବ ରହି ଛିଡ଼ା ହୋଇ କଷ୍ଟର ସହିତ ଯାତ୍ରା କରୁଥିବେ ସେହି ବସ୍‌ରେ ପରିଣତ ବୟସର ନାଗରିକମାନେ। ଏ କ୍ଷେତ୍ରରେ ବିବେକର ଆହ୍ୱାନ କ'ଣ ଆମ୍ଭେମାନେ ସମସ୍ତଙ୍କୁ କାନରେ କହିବାକୁ ପଡ଼ିବ? ଶିଶୁଟିଏ ଜନ୍ମ ହେଲା ଠାରୁ କଥା କହିବା ପର୍ଯ୍ୟନ୍ତ ତା' ପାଇଁ ପିତାମାତା ଅନେକ କିଛି କରିଥାଆନ୍ତି। ଅନେକ କିଛି ଦୁଃଖ ସହିଥାଆନ୍ତି। ସେମାନଙ୍କର କୌଣସି ଆଶା ନଥାଏ। ପ୍ରତ୍ୟେକ ସନ୍ତାନ ସେମାନଙ୍କର ବୃଦ୍ଧତ୍ୱ ସମୟରେ ତାଙ୍କ ସେବା କରିବା ଶ୍ରେଷ୍ଠ କର୍ତ୍ତବ୍ୟ।

**ଶ୍ୟାମସୁନ୍ଦର ସାମଲ**
*ବିଡ଼ାନାସୀ ବନ୍ଧଛକ, କଟକ, ଦୂରଭାଷ: ୯୭୭୮୬୩୫୯୨୬*

# ନୋବେଲ ପୁରସ୍କାରର ଜନକ ଆଲଫ୍ରେଡ୍ ନୋବେଲ





ଆଲ୍‌ଫ୍ରେଡ୍ ନୋବେଲ ୧୮୩୩ ମସିହାରେ ଷ୍ଟକ୍‌ହୋମଠାରେ ସ୍ୱିଡିଶ ପରିବାରରେ ଜନ୍ମ ନେଇଥିଲେ। ପିତା ଇମାନୁଏଲ୍ ଥିଲେ ଜଣେ ଇଂଜିନିୟର ତଥା ଉଦ୍ଭାବକ। କିନ୍ତୁ ପିଲାଦିନରୁ ବିସ୍ଫୋରକ ପ୍ରତି ଆଗ୍ରହ ଥିଲା ଆଲ୍‌ଫ୍ରେଡଙ୍କର। ସେ ଏହି ଦିଗରେ ଅଧିକ ଅଧ୍ୟୟନ ପାଇଁ ଉତ୍ସାହୀ ଥିଲେ। ତେବେ ଏ ବିଷୟରେ ପ୍ରାଥମିକ ଜ୍ଞାନ ମିଳିଥିବା ତାଙ୍କ ପିତାଙ୍କଠାରୁ। ଇମାନୁଏଲ୍‌ଙ୍କର ନାନା ପ୍ରକାର ବ୍ୟବସାୟରେ କ୍ଷତି ହେବା ପରେ ସେ ୧୮୩୭ ମସିହାରେ ସେଣ୍ଟ ପିଟର୍ସବର୍ଗକୁ ଚାଲିଯାଇଥିଲେ। ସେଠାରେ ସେ ବିଭିନ୍ନ ଯନ୍ତ୍ରପାତି ଏବଂ ବିସ୍ଫୋରକ ଉତ୍ପାଦନ ଆରମ୍ଭ କଲେ। ଆଧୁନିକ ପ୍ଲାଇଉଡ୍ ମଧ୍ୟ ସେ ପ୍ରସ୍ତୁତ କରିଥିଲେ। ପିଲାଦିନରୁ ବିସ୍ଫୋରକ ଏବଂ ରସାୟନ ପ୍ରତି ଆଗ୍ରହୀ ଥିବା ଆଲ୍‌ଫ୍ରେଡ୍ ୧୮ବର୍ଷ ବୟସରେ ରସାୟନ ବିଜ୍ଞାନରେ ଉଚ୍ଚତର ଅଧ୍ୟୟନ ପାଇଁ ପ୍ରଥମେ ପ୍ୟାରିସ୍ ଏବଂ ପରେ ଆମେରିକାକୁ ଯାଇଥିଲେ। ସେ ଏକାଧିକ ୟୁରୋପୀୟ ଦେଶରେ ଶିକ୍ଷାଲାଭ କରିଥିବାରୁ ପରିଷ୍କାର ଓ ଅନର୍ଗଳ ଭାବରେ ପାଞ୍ଚୋଟି ଭାଷା ବିଶେଷକରି ଇଂରାଜୀ, ଫ୍ରେଞ୍ଚ, ସ୍ୱିଡିଶ, ରୁଷିଆନ ଓ ଜର୍ମାନ ଭାଷାରେ କହି ଓ ଲେଖିପାରୁଥିଲେ। ସେ ତାଙ୍କ ବାପାଙ୍କ ପ୍ରୋତ୍ସାହନ କାରଣରୁ ବିସ୍ଫୋରକ ଉପରେ କାର୍ଯ୍ୟ ଆରମ୍ଭ କରି ଦେଇଥିଲେ। ବହୁ ପରୀକ୍ଷା ନିରୀକ୍ଷାପରେ ସେ ଏକ ସ୍ୱର୍ଣକାତର ବିସ୍ଫୋରକ ପ୍ରସ୍ତୁତ କରିଥିଲେ ଯାହାକୁ ୧୮୬୬ରେ ଡିନାମାଇଟ୍ ରୂପେ ନାମିତ କରାଗଲା।

ନୋବେଲଙ୍କ ଉଦ୍ଭାବନ ଖଣି, ପୂର୍ତ୍ତ, କୋଠା ନିର୍ମାଣ, ସୁଡ଼ଙ୍ଗ ଖୋଳା ଇତ୍ୟାଦିରେ ବୈପ୍ଳବିକ ପରିବର୍ତ୍ତନ ଆଣିଥିଲା। ତାଙ୍କର ଉଦ୍ଭାବନ ଡିନାମାଇଟ୍ ବ୍ୟତୀତ ଅନ୍ୟାନ୍ୟ କ୍ଷେତ୍ରରେ ବିଶେଷକରି ରସାୟନ ବିଦ୍ୟାରେ କୃତ୍ରିମବସ୍ତୁ ଯଥା ରବର ଏବଂ ଚମଡ଼ା ପ୍ରସ୍ତୁତିରେ ସହାୟକ ହୋଇଥିଲା। ତାଙ୍କ ପ୍ରଚେଷ୍ଟାରେ ୫ଟି ମହାଦେଶର ୨୦ଟି ଦେଶରେ ୯୦ଟି ଶିଳ୍ପଶାଳା ଓ ବାଣିଜ୍ୟାଗାର ବା ବ୍ୟବସାୟିକ ସଂସ୍ଥା ଖୋଲା ଯାଇଥିଲା। ତାଙ୍କ ବ୍ୟବସାୟିକ ଉଦ୍ୟମ ଏବଂ ଉଦ୍ୟୋଗ ଶେଷରେ ଏକ ବିଶ୍ୱସ୍ତରୀୟ ଶିଳ୍ପରୂପେ ପରିଗଣିତ ହୋଇ ଯାହାକି ତାଙ୍କ ଆୟର ଏକ ମୁଖ୍ୟ ଉତ୍ସ ରୂପେ ପରିଣତ ହେଲା। ସେ ପାଲଟିଗଲେ ବିଶ୍ୱପତି। ଏବେ ସେଇ ଅର୍ଥ ତାଙ୍କ ଇଚ୍ଛାନୁଯାୟୀ ମଣିଷଜାତିର ସେବାରେ ବିନିଯୋଗ ହେଉଛି ବିଶେଷକରି ନୋବେଲ ପୁରସ୍କାର ଆକାରରେ ପ୍ରତିବର୍ଷ ଯାହାକି ମାନବ ସେବା ପାଇଁ ତଥା ସୃଜନପାଇଁ ପ୍ରେରଣାର ଉତ୍ସ ଓ ଶ୍ରମର ମର୍ଯ୍ୟାଦା ସ୍ୱରୂପ ଅଟେ। ଏମିତି ଏକ ଉତ୍ସର୍ଗୀକୃତ ଜୀବନ ପାଇଁ ଏକ ଘଟଣା ତାଙ୍କ ଆଖି ଖୋଲିଦେଲା। ବିଶ୍ୱର ସବୁଠାରୁ ସମ୍ମାନଜନକ ପୁରସ୍କାର ନୋବେଲ ପୁରସ୍କାର ସ୍ଥାପନର ଇତିହାସ ମଧ୍ୟ ଖୁବ୍ ସମ୍ବେଦନଶୀଳ। ସମ୍ବାଦପତ୍ରରେ ଶୋକବାର୍ତ୍ତାର କେଇଟି ବାକ୍ୟ ବିଖ୍ୟାତ ରସାୟନବିଦ୍, ଇଞ୍ଜିନିୟର, ଉଦ୍ଭାବକ ତଥା ଉଦ୍ୟୋଗପତି ଆଲଫ୍ରେଡ୍ ନୋବେଲଙ୍କ ହୃଦୟ ଓ ମସ୍ତିଷ୍କ ସବୁକିଛିକୁ ଦୋହଲାଇ ଦେଇଥିଲା। ଘଟଣାଟି ୧୮୮୮ ମସିହାର। ଆଲ୍‌ଫ୍ରେଡ୍‌ଙ୍କ ଭାଇ ଲୁଡଭିଗ୍ କେନ୍‌ସରେ ଥିବା ସମୟରେ ମୃତ୍ୟୁବରଣ କଲେ। ଏକ ଫରାସୀ ଖବରକାଗଜ ଭୁଲବଶତଃ ଲୁଡ଼ଭିଗ୍‌ଙ୍କ ବଦଳରେ ଆଲ୍‌ଫ୍ରେଡ୍‌ଙ୍କ ମୃତ୍ୟୁ ଘଟିଛିମାନେ କରି ଖବରକାଗଜରେ ଶୋକ ସମ୍ବାଦଟିଏ ଦେଲେ। ଏହି ଶୋକ ସମ୍ବାଦଟି ପଢ଼ିବା ପରେ ଆଲ୍‌ଫ୍ରେଡ୍ ଚିନ୍ତା କଲେ କ'ଣ ଲୋକମାନେ ମତେ ଏମିତି ଦୃଷ୍ଟିରେ ଦେଖୁଛନ୍ତି? ସେମାନେ ମତେ ଏକ ଦୁଷ୍ଟ ଆତ୍ମା ଭାବରେ ମନେ ରଖିବେ? ଶୋକସମ୍ବାଦର ଶିରୋନାମା ଥିଲା 'ମୃତ୍ୟୁର ସୌଦାଗର ମୃତ'। ଖବରଟିରେ ତାଙ୍କ ଡିନାମାଇଟ୍ ଆବିଷ୍କାରକୁ ତିରସ୍କାର କରାଯାଇଥିଲା। ଲେଖାଯାଇଥିଲା-ଡଃ ଆଲ୍‌ଫ୍ରେଡ୍ ନୋବେଲ ଯେ ଲୋକମାନଙ୍କୁ ହତ୍ୟା କରିବାର ଦ୍ରୁତତମ ଉପାୟ ଖୋଜି ବାହାର କରି ଧନୀ ପାଲଟି ଯାଇଥିଲେ, ଶେଷରେ ମୃତ୍ୟୁବରଣ କରିଛନ୍ତି। ପତ୍ନୀ ଓ ସନ୍ତାନ ନଥିବା ଆଲ୍‌ଫ୍ରେଡ୍ ଖୁବ୍ ଦୁଃଖିତ ହେଲେ ଏଇ ଖବରଟିରେ। ସେ ଏମିତି ଭାବରେ ଲୋକଙ୍କ ସ୍ମୃତିରେ ରହିବେ ଏ ଚିନ୍ତା ତାଙ୍କୁ ଅସ୍ଥିର କରିଦେଲା। ଶେଷରେ ୧୮୯୫ ମସିହା ନଭେମ୍ବର ୨୭ ତାରିଖରେ ପ୍ୟାରିସ୍‌ସ୍ଥିତ ସ୍ୱିଡ଼ିସ୍ ନରୱେ କ୍ଲବଠାରେ ସେ ନିଜର ଶେଷ ଇଚ୍ଛାପତ୍ର ଏବଂ ଶପଥପତ୍ରରେ ସ୍ୱାକ୍ଷର କଲେ। ଏହି ଇଚ୍ଛାପତ୍ରରେ ପ୍ରତିବର୍ଷ ନୋବେଲ ପୁରସ୍କାର ପ୍ରଦାନ ପାଇଁ ଉଲ୍ଲେଖ କରାଗଲା। ଏଥିପାଇଁ ନିଜ ସମ୍ପତ୍ତିର ୯୪ ପ୍ରତିଶତ ଅଂଶ ସେ ଦାନ କରିଥିଲେ। ସେତେବେଳେ ଏହି ସମ୍ପତ୍ତିର ମୂଲ୍ୟ ଥିଲା ୩୧୨୨୫୦୦୦ ସ୍ୱିଡ଼ିସ୍ ମୁଦ୍ରା। ନୋବେଲ ୧୦ ଡିସେମ୍ବର ୧୮୯୬ରେ ତାଙ୍କ ନିଜ ଘର ସାନରେମୋ ଇଟାଲୀରେ ଶେଷ ନିଦ୍ରା ଯାଇଥିଲେ। ପ୍ରତିବର୍ଷ ତାଙ୍କର ଏହି ମୃତ୍ୟୁ ଦିବସରେ ନୋବେଲ ପୁରସ୍କାର ପାଇଁ ମନୋନୀତ ବ୍ୟକ୍ତିବିଶେଷଙ୍କୁ ଏହି ପୁରସ୍କାର ପ୍ରଦାନ କରାଯାଇଥାଏ। ମୃତ୍ୟୁ ପୂର୍ବରୁ ତାଙ୍କ ଇଚ୍ଛାନୁସାରେ ଏ ପୁରସ୍କାର ୧୯୦୧ ଠାରୁ ଦିଆଯାଇଆସୁଛି। ଏଥିପୂର୍ବରୁ ୧୯୬୯ ମସିହାରେ ପ୍ରଥମେ ଅର୍ଥନୀତି ଉପରେ ନୋବେଲ ପୁରସ୍କାର ପ୍ରଦାନ କରାଯାଇଥିଲା। ଆମ ଦେଶରୁ ସର୍ବ ପ୍ରଥମେ ସାହିତ୍ୟରେ ଗୀତାଞ୍ଜଳି ପାଇଁ ରବିନ୍ଦ୍ରନାଥ ଠାକୁର ୧୯୧୩ ମସିହାରେ ନୋବେଲ ପୁରସ୍କାର ପାଇଛନ୍ତି। ୧୯୩୯ ମସିହାରେ ଚନ୍ଦ୍ରଶେଖର ଭେଙ୍କଟରମଣ ବିଜ୍ଞାନ ପାଇଁ ନୋବେଲ ପୁରସ୍କାର ପାଇଛନ୍ତି। ଏହାବ୍ୟତୀତ ଡ. ହରଗୋବିନ୍ଦ ଖୁରାନା (ବିଜ୍ଞାନ), ଅମର୍ତ୍ତ୍ୟ ସେନ (ଅର୍ଥନୀତି) ଏବଂ ମଦର ଟେରେସା (ଶାନ୍ତି) ପାଇଁ ନୋବେଲ ପୁରସ୍କାର ପାଇଛନ୍ତି। ଗତବର୍ଷ ଭାରତର କୈଳାସ ସତ୍ୟାର୍ଥୀ, ପାକିସ୍ତାନର କିଶୋରୀ ମଲାଲା ୟୁସୁଫଜାଇଙ୍କ ସହ ମିଳିତ ଭାବରେ ନୋବେଲ ଶାନ୍ତି ପୁରସ୍କାର ଲାଭ କରିଥିଲେ। ନୋବେଲ ପୁରସ୍କାର ଏକ ସମୟରେ ସ୍ୱିଡ଼େନର ଷ୍ଟକହୋମ ଓ ନରୱେର ଓସ୍‌ଲୋଠାରୁ ସଂପୃକ୍ତ ରାଜପରିବାରମାନଙ୍କର ଉପସ୍ଥିତିରେ ପ୍ରଦାନ ହୋଇଥାଏ।

**ବାଦଲ ଭୂୟାଁ**, ପ୍ରତିଷ୍ଠାତା ସମ୍ପାଦକ 'ସିଂହଭୂମ', ୪ଜି ପ୍ରତାପ ଆପାର୍ଟମେଣ୍ଟ, ୭ ଏକ୍ସଟେନସନ ରୋଡ଼, ପୁରୁଣା ସୋନାରୀ, ଜାମସେଦପୁର, ଦୂରଭାଷ : ୭୪୮୮୯୯୮୫୩୨,
**E-mail : badal009bhuyan@gmail.com**


# DISPLAY CLASSIFIED

**FOR ADVERTISEMENT CONTACT**
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

**TARIFF:** 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

**ADMISSION ON**
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

**VED BHAWAN**
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Phagyan Communication

**ADMISSION ON**
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com


## ଫୁଲନଖରାରୁ ଜବର ଦଖଲ ଉଚ୍ଛେଦ



ଫୁଲନଖରା (ପିଏନ୍)-କଟକ ମହାନଗର ନିଗମ ୫୯ନମ୍ବର ୱାର୍ଡ଼ ଅନ୍ତର୍ଗତ ଫୁଲନଖରା ଛକରୁ ଜବର ଦଖଲ ଉଚ୍ଛେଦ ହୋଇଛି। ପ୍ରଶାସନ, ପୁଲିସ ଓ ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କ ମିଳିତ ସହଯୋଗରେ ଏହି ଅଭିଯାନ ଆରମ୍ଭ ହୋଇଛି। ୧୬ନମ୍ବର ଜାତୀୟ ରାଜପଥ ଫୁଲନଖରା ଛକଠାରୁ ରାଜପଥ ପାର୍ଶ୍ୱ ବମ୍ପକୁଦ ପର୍ଯ୍ୟନ୍ତ ଏହି ଉଚ୍ଛେଦ ପ୍ରକ୍ରିୟା ଚାଲିଥିଲା। ଏଥିରେ ସିଏମସି ଡେପୁଟୀ କମିଶନର ଅଜୟକୁମାର ମହାନ୍ତି, ସଦର ଥାନା ଅଧିକାରୀ ରଶ୍ମିରଂଜନ ମହାପାତ୍ର, ଜାତୀୟ ରାଜପଥ ଅଧିକାରୀ ପଞ୍ଚାନନ ପାଲ, ପ୍ରଭାତ ଲେଙ୍କା, ରବିନ୍ଦ୍ର ଜେନା, ଅଶୋକ ବାରିକ ଏବଂ ଏନଫୋର୍ସମେଣ୍ଟ ସ୍କ୍ୱାର୍ଡ଼ ଉପସ୍ଥିତ ଥିଲେ। ପ୍ରଥମ ପର୍ଯ୍ୟାୟରେ ଜଳଖିଆ ଦୋକାନ, ଢାବା, ଗ୍ୟାରେଜ, ପାନ ଦୋକାନ ଓ ଅନ୍ୟାନ୍ୟ ୨୨ଟି ବେଆଇନ ନିର୍ମାଣକୁ ବୁଲଡୋଜର ଲଗାଇ ଉଚ୍ଛେଦ କରାଯାଇଥିଲାବେଳେ ପରବର୍ତ୍ତୀ ପର୍ଯ୍ୟାୟରେ ବମ୍ପକୁଦଠାରୁ କଟକ ଶିଖରପୁର ପର୍ଯ୍ୟନ୍ତ ଜବର ଦଖଲ ଉଚ୍ଛେଦ କାର୍ଯ୍ୟ ଚାଲିବ ବୋଲି ଅଧିକାରୀମାନେ ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ, ୨୦୧୩ ମସିହା ନଭେମ୍ବର ୨୭ ତାରିଖରେ ପ୍ରଶାସନ ତରଫରୁ ଫୁଲନଖରା ବଜାରରୁ ବେଆଇନ ଜବର ଦଖଲ ଉଚ୍ଛେଦ କରାଯାଇଥିଲା।

## ଧର୍ମଶାଳା ମହୋତ୍ସବ ଓ ଲକ୍ଷ୍ମୀନାରାୟଣ ପୂଜା ଉପଲକ୍ଷେ ପ୍ରସ୍ତୁତି ବୈଠକ



ଧର୍ମଶାଳା (ପିଏନ୍): ଧର୍ମଶାଳା ମହୋତ୍ସବ ପୂଜା କମିଟି ଆନୁକୁଲ୍ୟରେ ଚଳିତ ବର୍ଷ ଲକ୍ଷ୍ମୀନାରାୟଣ ପୂଜା ଓ ଧର୍ମଶାଳା ମହୋତ୍ସବ ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଜାରକାସ୍ଥିତ ସିଭିକ ସେଂଟର ପରିସରରେ ସଭାପତି ଜଳଧର ମହାଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଆସନ୍ତା ୧୬ ତାରିଖ ଧନୁସଂକ୍ରାନ୍ତିଠାରୁ ଲକ୍ଷ୍ମୀନାରାୟଣ ପୂଜା ଆରମ୍ଭ ହେବା ସହ ୨୫ ତାରିଖରୁ ଧର୍ମଶାଳା ମହୋତ୍ସବ ଉଦଘାଟନ କରାଯିବାକୁ ସ୍ଥିର ହୋଇଛି। ଏହି ଅବସରରେ ଜାରକା ଲକ୍ଷ୍ମୀନରାୟଣ ପୂଜା ମଣ୍ଡପରେ ପ୍ରତ୍ୟେକ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବା ସହିତ ମହୋତ୍ସବ ଉଦଘାଟନଠାରୁ ଉଦଯାପନ ପର୍ଯ୍ୟନ୍ତ ରାଜ୍ୟ ଓ ରାଜ୍ୟ ବାହାର କଳାକାରଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବାକୁ ସ୍ଥିର କରାଯାଇଛି। ଏହି ବୈଠକରେ କମିଟିର ସଦସ୍ୟମାନଙ୍କୁ ବିଭିନ୍ନ ଦାୟିତ୍ୱ ବଂଟନ କରାଯାଇଥିଲା। ଏଥିରେ କମିଟିର ଉପସଭାପତି ଇନ୍ଦ୍ରମଣି ନାୟକ, ସହ ସମ୍ପାଦକ ଆନନ୍ଦ ନାୟକ, କୋଷାଧ୍ୟକ୍ଷ ସୁଦୀପ୍ତ ସ୍ୱାଇଁ ରାଜ କୁମାର ଶତପଥୀ,କିଶୋର ନାୟକ, ଅଜୟ କୁମାର ନାୟକ, ଜଳଧର ସାହୁ, ବିଚିତ୍ର ସ୍ୱାଇଁ, କ୍ଷିରୋଦ ମୁଦୁଲି, ରାମଚନ୍ଦ୍ର ମଲିକ, ଅନିରୁଦ୍ଧ ରାଉତ, ନିର୍ମଳ ପ୍ରଧାନ, ପୁର୍ଣ୍ଣଚନ୍ଦ୍ର ଶତପଥୀ, ଆକୁଳି ସ୍ୱାଇଁ, ରବିନାରାୟଣ ସାହୁ,ପ୍ରତାପ ପ୍ରଧାନ, ମନୋଜ ଦାସ, ମାନସ ମହାନ୍ତି, କାଶିନାଥ ସାହୁ, ମଦନ ନାୟକ, ସୁଦାମ ବେହେରା, ସବ୍ୟସାଚୀ ବେହେରା,ସବ୍ୟସାଚୀ ସୁନ୍ଦରରାୟ, ଧରଣୀ ମହାନ୍ତି ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଭାଗ ନେଇଥିଲେ।

## ପ୍ରଫେସର ସୁଦର୍ଶନ ଆଚାର୍ଯ୍ୟ ଓ ଝରଣା ଦାସଙ୍କ ବିୟୋଗରେ ଶୋକ

ଧର୍ମଶାଳା (ପିଏନ୍): ଓଡିଆ ଭାଷା ସାହିତ୍ୟର ଗବେଷକ ତଥା ଅତିବଡି ଜଗନ୍ନାଥ ଦାସ ପୁରସ୍କାର ପ୍ରାପ୍ତ ପ୍ରଫେସର ସୁଦର୍ଶନ ଆଚାର୍ଯ୍ୟ, ଓଡିଆ ଚଳଚିତ୍ର ଜଗତର ବର୍ଷିଆନ ଅଭିନେତ୍ରୀ ଝରଣା ଦାସ ଓ ବିଶିଷ୍ଟ ଔପନ୍ୟାସିକା ଗୀତା ହୋତାଙ୍କ ବିୟୋଗରେ ବିଭିନ୍ନ ଅନୁଷ୍ଠାନ ଓ ବ୍ୟକ୍ତିବିଶେଷଙ୍କ ପକ୍ଷରୁ ଶୋକ ପ୍ରକାଶ କରାଯାଇଛି। ପ୍ରଫେସର ଆଚାର୍ଯ୍ୟ ଓଡିଶା ସାହିତ୍ୟ ଏକାଦେମୀର ସର୍ବୋଚ୍ଚ ପୁରସ୍କାର ଅତିବଡି ଜଗନ୍ନାଥ ଦାସ, କେନ୍ଦ୍ର ସାହିତ୍ୟ ଏକାଦେମୀ ଓ ବହୁ ଅନୁଷ୍ଠାନ ପକ୍ଷରୁ ପୁରସ୍କୃତ ହୋଇଥିଲେ। ତାଙ୍କ ରଚିତ ଗ୍ରନ୍ଥ ଗୁଡିକ ମଧ୍ୟରେ ସାହିତ୍ୟ ଓ ସାହିତ୍ୟିକ, ସ୍ରଷ୍ଟା ଓ ସୃଷ୍ଟି, ଓଡିଆ କାବ୍ୟ କୌଶଳ, ଓଡିଆ ଅସ୍ମିତା ସନ୍ଧାନ ଆଦି ୨୦ଟି ସମ୍ପାଦିତ ପୁସ୍ତକ ପ୍ରକାଶ ପାଇଛି। ସେହିପରି ଚଳଚିତ୍ର ଜଗତର ବର୍ଷିଆନ କଳାକାର ଝରଣା ଦାସଙ୍କ ବିୟୋଗରେ ଓଡିଆ ଚଳଚିତ୍ର ଜଗତରେ ଜଗତ ସ୍ତବ୍ଧ ହୋଇପଡିଛି। ସେହିପରି ବିଶିଷ୍ଟ ଔପନ୍ୟାସିକା ଗୀତା ହୋତାଙ୍କ ଲିଖିତ ମନବୀଣା ପୁସ୍ତକ ସମସ୍ତଙ୍କ ଆଦର ଲାଭ କରିଥିଲା। ତାଙ୍କ ସମ୍ପାଦନାରେ ଅମୃତାୟନ ପରି ଏକ ପତ୍ରିକା ଦୀର୍ଘ ୫୦ ବର୍ଷ ଧରି ଚାଲିଆସିଛି। ଏମାନଙ୍କ ବିୟୋଗରେ ଓଡିଶା ସାହିତ୍ୟ ଜଗତ ଓ ଚଳଚିତ୍ର ଜଗତରେ ଅପୁରଣୀୟ କ୍ଷତି ଘଟିଲା ବୋଲି ଧର୍ମଶାଳା ଅଂଚଳର ବହୁ ଅନୁଷ୍ଠାନ ଓ ବ୍ୟକ୍ତିବିଶେଷଙ୍କ ପକ୍ଷରୁ ମତପ୍ରକାଶ ପାଇଛି। ଗୋକର୍ଣ୍ଣିକା ସାହିତ୍ୟ ସମାଜର ସଭାପତି ରମାକାନ୍ତ ଜେନା, ବରିଷ୍ଠ ଶିଶୁ ସାହିତ୍ୟିକ ବଟକୃଷ୍ଣ ଓଝା, ପ୍ରଫେସର ବିଜୟ କୁମାର ଶତପଥୀ, ଧର୍ମଶାଳା ସାହିତ୍ୟ ସମାଜର ସମ୍ପାଦକ ଡ. ପ୍ରଶାନ୍ତ କୁମାର ସ୍ୱାଇଁ, ଡ. ତୁହିନାଂଶୁ ରଥ, ଜିଲ୍ଲା ଲେଖକ ସମ୍ମେଳନ ସଭାପତି ଡ. ରୁଦ୍ରନାରାୟଣ ପୃଷ୍ଟି, ଶୁଭ ସକାଳର ଉପସଭାପତି ମିନତୀ ସାହୁ, ପୂର୍ବତନ ସାଂସଦ ରୀତା ତରାଇ ପ୍ରମୁଖ ଗଭୀର ଶୋକବ୍ୟକ୍ତ କରିଛନ୍ତି।

## ଶକ୍ତି ଉତ୍ତୋଳନରେ ପ୍ରଭାକରଙ୍କୁ ସ୍ୱର୍ଣ୍ଣ



ଫୁଲନଖରା (ପିଏନ୍)-ରାଜ୍ୟସ୍ତରୀୟ ଶକ୍ତି ଉତ୍ତୋଳନ ପ୍ରତିଯୋଗିତାରେ ସଦର ଥାନା ଆମଣ ପଞ୍ଚାୟତ ଅନ୍ତର୍ଗତ ଅଡ଼ାଳିଆ ଗ୍ରାମର ପ୍ରଭାକର ସେଠୀ ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ରାୟଗଡ଼ାଠାରେ ଅନୁଷ୍ଠିତ ପ୍ରଥମ କଳିଙ୍ଗ ଓପନ ଭାରୋତ୍ତୋଳନ ଚମ୍ପିଆନସିପରେ ପ୍ରଭାକର ଚମତ୍କାର ପ୍ରଦର୍ଶନ କରି ମାଷ୍ଟର୍ସ ବିଭାଗରେ ରାଜ୍ୟରେ ପ୍ରଥମ ସ୍ଥାନ ହାସଲ କରିଥିଲେ। ଏହି ପ୍ରତିଯୋଗିତାରେ ରାଜ୍ୟରୁ ଦୁଇଶହ ଜଣ ପ୍ରତିଯୋଗୀ ଅଂଶ ଗ୍ରହଣ କରିଥିଲେ। ଏହା ପୂର୍ବରୁ ପ୍ରଭାକର ନୂଆଦିଲ୍ଲୀଠାରେ ଅନୁଷ୍ଠିତ ଜାତୀୟ ଭାରୋତ୍ତୋଳନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରି ଦୁଇଟି ସ୍ୱର୍ଣ୍ଣ ପଦକ ହାସଲ କରିଥିଲେ। ଏହି ସଫଳତା ପାଇଁ ଆମଣ ପଞ୍ଚାୟତର ପୂର୍ବତନ ସମିତି ସଭ୍ୟା ସୁଭାସିନି ସେଠୀ, ଗୁରୁ ରୁଦ୍ରନାରାୟଣ ସାହୁ, ବିଚିତ୍ରାନନ୍ଦ ନାୟକ, ସୌମ୍ୟ, ଆକାଶ, ରାକେଶ, ଅଭୟ, ରୋନିତ ଓ ରକି ପ୍ରମୁଖ ଶୁଭେଚ୍ଛା ଜଣାଇଛନ୍ତି।

## ପୂର୍ବ ଶତ୍ରୁତାକୁ ନେଇ ମାରପିଟ୍, ୩ ଗିରଫ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଜେନାପୁର ଥାନା ଅନ୍ତର୍ଗତ କମ୍ପାଲୁ ଓ ମଙ୍ଗରାଜପୁର ଗ୍ରାମର ଦୁଇ ପରିବାର ମଧ୍ୟରେ ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଘଟିଥିବା ଗଣ୍ଡଗୋଳ ଘଟଣାରେ ପୁଲିସ ୩ଜଣଙ୍କୁ ଗିରଫ କରିଛି। ସୂଚନା ଅନୁଯାୟୀ କମ୍ପାଲୁ ଗ୍ରାମର କୃପାସିନ୍ଧୁ ସାହୁ ଓ ଲକ୍ଷ୍ମୀଧର ସାହୁଙ୍କ ପରିବାର ମଧ୍ୟରେ ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଗତ ୬ ତାରିଖରେ ଗଣ୍ଡଗୋଳ ଘଟି ଉଭୟ ପରିବାରରେ ୮ ଜଣ ଆହତ ହୋଇଥିଲେ। ଏନେଇ ଉଭୟ ପରିବାର ପକ୍ଷରୁ ଥାନାରେ ଅଭିଯୋଗ କରାଯାଇଥିଲା। ଅଭିଯୋଗକୁ ଆଧାରକରି ପୁଲିସ ୩୫୨/୨୨ ଓ ୩୫୩/୨୨ରେ ଦୁଇଟି କେଶ ରୁଜୁ କରି ତଦନ୍ତ ଚଳାଇବା ସହ ଏହି ଘଟଣାରେ ପୁଲିସ ମଙ୍ଗରାଜପୁର ଗ୍ରାମର ଲକ୍ଷ୍ମୀଧର ସାହୁ (୬୦), ଜଗବନ୍ଧୁ ସାହୁ (୩୦) ଓ କମ୍ପାଲୁ ଗ୍ରାମର କୃପାସିନ୍ଧୁ ସାହୁ (୪୫)ଙ୍କୁ ଗିରଫ କରି ଚଣ୍ଡିଖୋଲ କୋର୍ଟକୁ ଚାଲାଣ କରିଛି ବୋଲି ଜେନାପୁର ଥାନା ଏସଆଇ ସୌମ୍ୟରଂଜନ ଭୋଳ ସୂଚନା ଦେଇଛନ୍ତି।




# ବଲାଙ୍ଗିର ଭାଜପାରେ ବିଭେଦ : ସଂଯୁକ୍ତମୋର୍ଚ୍ଚା ବୈଠକ ନାମରେ ରାଜାରାଣୀଙ୍କ ବିରୁଦ୍ଧରେ ପ୍ରଜାମେଳି, ପୁରୁଣା କାର୍ଯ୍ୟକର୍ତା ଏକଜୁଟ

ବଲାଙ୍ଗିର, (ପି.ଏନ): ରାଜ୍ୟ ରାଜନୀତିର ଭାଜପା ଦଳରେ ବଲାଙ୍ଗୀର ରାଜାରାଣୀଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଆସିଛି । କିନ୍ତୁ, ଭାଜପା ନେତ୍ରୀ ତଥା ବଲାଙ୍ଗୀର ସାଂସଦ ସଂଗୀତାକୁମାରୀ ସିଂଦେଓଙ୍କ ବ୍ୟବହାରରେ ଅନେକ ଭାଜପା କର୍ମୀ ଅତିଷ୍ଠ ହୋଇପଡିଥିବା ଲକ୍ଷ୍ୟ କରାଯାଉଛି । ଶେଷରେ ଭାଜପାରେ ବିଭେଦ ଆରମ୍ଭ ହୋଇଯାଇଛି । ଦଳରେ ଗୋଷ୍ଠୀ କନ୍ଦଳ ଜଳଜଳ ଦେଖାଯାଉଛି । ରବିବାର ଦିନ ବଲାଙ୍ଗୀର ଶାନ୍ତିପଡା କଲ୍ୟାଣମଣ୍ଡପ ଠାରେ ବଲାଙ୍ଗୀର ବିଧାନସଭା କ୍ଷେତ୍ରର ସଂଯୁକ୍ତମୋର୍ଚ୍ଚାର ବୈଠକ ଅନୁଷ୍ଠିତ ହୋଇଥିଲା । ଗତ ୨୦୧୯ ସାଧାରଣ ନିର୍ବାଚନରେ ବଲାଙ୍ଗୀର ନିର୍ବାଚନମଣ୍ଡଳୀର ଭାଜପା ଦଳର ବିଧାୟକ ପ୍ରାର୍ଥୀ ହୋଇଥିବା ଅନନ୍ତ ଦାସଙ୍କ ସଭାପତିତ୍ୱରେ ବୈଠକ ହୋଇଥିବା ବେଳେ ସଂସଦୀୟ କ୍ଷେତ୍ରରେ ସଂଗଠନ ବଢାଉଥିବା ବଳରାମ ସିଂଯାଦବ(ବଲ୍ଲୁ ଭାଇ) ଏଥିରେ ମୁଖ୍ୟଅତିଥି ଭାବରେ ଯୋଗଦେଇଥିଲେ । ସବୁଠ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଲା, ବଲାଙ୍ଗୀର ସାଂସଦ ସଂଗୀତାକୁମାରୀ ସିଂଦେଓ ବଲାଙ୍ଗୀରର କାର୍ଯ୍ୟକ୍ରମକୁ ଆସିଲେ ହାତଗଣତି କିଛି କର୍ମୀଙ୍କୁ ଛାଡିଦେଲେ ଆଉ କେହି ଯୋଗ ଦେଉନାହାଁନ୍ତି । କିନ୍ତୁ, ରବିବାର ହୋଇଥିବା ଏହି ବୈଠକରେ ୩୦୦ରୁ ଅଧିକ କର୍ମୀ ଓ ନେତା ଯୋଗ ଦେଇଥିଲେ । ଆହୁରି ଗୁରୁତ୍ୱପୂର୍ଣ୍ଣ ବିଷୟ ହେଲା ଏହି ସଂଯୁକ୍ତମୋର୍ଚ୍ଚା ବୈଠକରେ ଲାଗିଥିବା ବ୍ୟାନରରେ ଭାଜପା ନେତା କନକବର୍ଦ୍ଧନ ସିଂଦେଓ କିମ୍ବା ସଂଗୀତାକୁମାରୀ ସିଂଦେଓଙ୍କ ଫଟୋ ମଧ ନଥିଲା। ରାଜ୍ୟସ୍ତରର ସମସ୍ତ ନେତାଙ୍କ ଫଟୋ ଏହି ବ୍ୟାନରରେ ଥିବା ବେଳେ ରାଜାରାଣୀଙ୍କ ଫଟୋନଥିବାରୁ ଏହା ଆଲୋଚନାର ବିଷୟ ଥିଲା । ବଳରାମ ସିଂଯାଦବ (ବଲ୍ଲୁଭାଇ)ଙ୍କ ସମେତ ପ୍ରାୟ ସମସ୍ତ ନେତା ମୋଦୀ ସରକାର କରିଥିବା ଜନହିତକାରୀ ଯୋଜନା ବିଷୟରେ ଆଲୋଚନା କରି ଏହା ଲୋକଙ୍କ ପାଖକୁ ପହଂଚାଇବାକୁ ସଂକଳ୍ପ ନେଇଥିବା ବେଳେ ବଲାଙ୍ଗୀର ସାଂସଦ ସଂଗୀତା ସିଂଦେଓଙ୍କ କାର୍ଯ୍ୟକଳାପକୁ ତୀବ୍ର ନିନ୍ଦା କରିଥିଲେ ।ପ୍ରକାଶ ଯେ,ବଲାଙ୍ଗୀର ସଂସଦୀୟ କ୍ଷେତ୍ରର ୭ଟି ବିଧାନସଭା ନିର୍ବାଚନମଣ୍ଡଳୀ ମଧ୍ୟରୁ ଲୋଇସିଂହାରେ କେବଳ ଡ.ମୁକେଶ ମହାଲିଙ୍ଗ ଭାଜପା ଦଳରୁ ବିଧାୟକ ରହିଛନ୍ତି । କିନ୍ତୁ, ମୁକେଶ ମହାଲିଙ୍ଗଙ୍କ ସାଙ୍ଗରେ ମଧ ସାଂସଦ ଶ୍ରୀମତୀ ସିଂଦେଓଙ୍କର ଭଲ ସମ୍ପର୍କ ନାହିଁ । ବୈଠକରେ ଅତିଥି ଭାବରେ ଯୋଗଦେଇଥିବା ସୋନପୁର ଜିଲ୍ଲାର ପୂର୍ବତନ ଜିଲ୍ଲା ସଭାପତି ବିଧାନଚନ୍ଦ୍ର ପାଣିଗ୍ରାହୀ ମଧ କନକ ଓ ସଂଗୀତାଙ୍କୁ ଟାର୍ଗେଟ କରି ଉଭୟେ କେବଳ ପାଟଣାଗଡ ରାଜନୀତିରେ ସୀମିତ ରହି ଅନ୍ୟ ନିର୍ବାଚନମଣ୍ଡଳୀର ସଂଗଠନକୁ ଭୁଷୁଡାଇ ଦେଇଛନ୍ତି ବୋଲି ଅଭିଯୋଗ କରିଥିଲେ । କନକ ଓ ସଂଗୀତାଙ୍କ ସ୍ୱାର୍ଥପରତା କାରଣରୁ ଅନେକ କର୍ମୀ ଓ ନେତା ଭାଜପା ଦଳକୁ ମୁହଁ ମୋଡୁଛନ୍ତି ବୋଲି ମଧ କହିଥିଲେ । ଅନନ୍ତ ଦାସ ତାଙ୍କ ବକ୍ତବ୍ୟରେ କହିଥିଲେ ଯେ, ରାଜ୍ୟ କାର୍ଯ୍ୟକାରିଣୀର ନିର୍ଦ୍ଦେଶରେ ଏହି ବୈଠକ ହୋଇଛି ଓ ବଲାଙ୍ଗୀର ବିଧାନସଭା କ୍ଷେତ୍ରର ସବୁ ମଣ୍ଡଳ ସଭାପତି ଓ ମୋର୍ଚ୍ଚା ସଭାପତିମାନେ ଯୋଗ ଦେଇଛନ୍ତି । ଆଗାମୀ ଦିନରେ ରାଜ୍ୟରେ ଥିବା ବିଜୁ ଜନତା ଦଳର ସରକାରଙ୍କ ଦୁର୍ନୀତିଗ୍ରସ୍ତ କାମକୁ ପ୍ରତିବାଦ କରିବା ଓ ଭାଜପା ଦଳର ସଂଗଠନକୁ ସୁଦୃଢ କରାଯିବା ଉପରେ ସେ କର୍ମୀଙ୍କୁ ଆହ୍ୱାନ ଦେଇଥିଲେ । ସଭାରେ ସୋନପୁରର ବିଧାନଚନ୍ଦ୍ର ପାଣିଗ୍ରାହୀ, ବଲାଙ୍ଗୀର ଜିଲ୍ଲାର ପୂର୍ବତନ ଯୁବମୋର୍ଚ୍ଚା ସଭାପତି ଅନୀଲ ପାଣିଗ୍ରାହୀ, ଦେଓଗାଁ ମଣ୍ଡଳ ସଭାପତି ଗଣେଶ ବାଗ, କୁଡାସିଂହା ମଣ୍ଡଳ ସଭାପତି ଉଗ୍ରସେନ ପାତ୍ର, ଚୁଡାପାଲି ମଣ୍ଡଳ ସଭାପତି ଗୁଣନିଧି ପଟେଲ, ବନ୍ଧପଡା ମଣ୍ଡଳ ସଭାପତି ଅଶୋକ ସାହୁ, ସାଧାରଣ ସଂପାଦକ ଗୋପିନାଥ କ୍ଷେତି, ସନ୍ଧ୍ୟାରାଣି ସାଏ, ମାଧବୀ ସୁନା, ସମରେଶ ମିଶ୍ର, ସର୍ଜନ ରାଉତ, ଜୟକୃଷ୍ଣ ସାହୁ, ତରୁଲତା ରଣା, ଅଭି ରଣା, ସୁନିଲ ମିଶ୍ର ପ୍ରମୁଖ ଯୋଗଦେଇଥିଲେ । ଏହା ସହିତ ସୋନପୁର ଜିଲ୍ଲାର ମଧ କିଛି ବରିଷ୍ଠ କାର୍ଯ୍ୟକର୍ତା ଏହି ବୈଠକରେ ସାମିଲ ଥିଲେ ।ପ୍ରକାଶ ଯେ, ଉତର ପ୍ରଦେଶର ମୂଳନୀବାସୀ ବଳରାମସିଂ ଯାଦବ(ବଲ୍ଲୁଭାଇ) ବଲାଙ୍ଗୀର ଜିଲ୍ଲାରେ ଓବିସି ବିକାଶ ପରିଷଦ ଗଠନ କରି ପଛୁଆବର୍ଗଙ୍କ ପାଇଁ ଲଢେଇ କରୁଛନ୍ତି । ବଲାଙ୍ଗୀର -ପାଟଣାଗଡ ରୋଡରେ ସଦର ବ୍ଲକ ଅନ୍ତର୍ଗତ ଝାଙ୍କରପାଲିଠାରେ ଘର ଓ ଅଫିସ କରି ଲୋକଙ୍କୁ ଭାଜପା ସପକ୍ଷରେ ସଂଗଠିତ କରୁଛନ୍ତି । ସେ ଗତବର୍ଷ ଜଣେ କେନ୍ଦ୍ରମନ୍ତ୍ରୀଙ୍କ ପାଖରେ ଭାଜପା ଦଳରେ ଯୋଗଦେଇଥିବା ପ୍ରଚାର ହେଲା । କିନ୍ତୁ, ବଲାଙ୍ଗୀର ଭାଜପାରେ ବଳରାମ ସିଂ ଯାଦବ ନାମରେ କେହି ନେତା କିମ୍ବା ସଦସ୍ୟ ନଥିବା ଜିଲ୍ଲା ଭାଜପା ସଭାପତି ଶିବାଜୀ ମହାନ୍ତି ଏକ ପ୍ରେସ୍ ରିଲିଜ୍ ଦେଇ ଗଣମାଧ୍ୟମକୁ କହିଥିଲେ । ହେଲେ ବଲାଙ୍ଗୀର ଓ ସୋନପୁର ଜିଲ୍ଲାର ଅନେକଗୁଡିଏ ଭାଜପା ବୈଠକରେ ବଳରାମ ସିଂଯାଦବ ଯୋଗଦେଉଥିବା ଲକ୍ଷ୍ୟ କରାଯାଇଛି । ଏପରିକି ସେ ୭ଟି ଯାକ ନିର୍ବାଚନ ମଣ୍ଡଳୀରେ ନିଜର କିଛି ସମର୍ଥକଙ୍କ ସହିତ ଘନଘନ ବୈଠକ ମଧ କରୁଛନ୍ତି । ବଲାଙ୍ଗୀର ଓ ସୋନପୁର ଜିଲ୍ଲାରେ ସାଂସଦ ସଂଗୀତାଙ୍କ ଉପରେ କର୍ମି ଓ ନେତାଙ୍କ ଅସନ୍ତୋଷ ବଢୁଥିବା ବେଳେ ବଲ୍ଲୁଭାଇଙ୍କ ସଂଗଠନ ବଢି ଚାଲିଛି । ଫଳରେ ଆଗକୁ ଭାଜପାର ଏକ ନୂଆ ସମୀକରଣ ହେବାର ସମ୍ଭାବନା ରହିଛି ବୋଲି କର୍ମୀ ମାନେ ଆଲୋଚନା କରୁଛନ୍ତି ।

## ୧୦ ମହିଳା ସମେତ ୧୬ ଜୁଆଡ଼ି ଗିରଫ

ଗଞ୍ଜାମ, (ପି.ଏନ):ବ୍ରହ୍ମପୁର ଉପକଣ୍ଠ ନିମଖଣ୍ଡି ଥାନା ଅଂଚଳରେ ଗତକାଲି ବିଳମ୍ବିତ ରାତିରେ ପୋଲିସ ଖବର ପାଇ ଏକ ଜୁଆ ଆଡ୍ଡା ଉପରେ ଚଢ଼ଉ କରିଥିଲା । ଚଢ଼ଉ ବେଳେ ସେଠାରୁ ୧୦ ଜଣ ମହିଳାଙ୍କ ସମେତ ମୋଟ୍ ୧୬ ଜଣ ଜୁଆଡ଼ି ଗିରଫ ହୋଇଛନ୍ତି । ସେମାନଙ୍କ ଠାରୁ ୨ ଲକ୍ଷ ୪୫ ହଜାର ନଗଦ ଟଙ୍କା ସହ ୨ ସେଟ୍ ତାସ୍ ମୁଠା, ଗୋଟିଏ ଏଟିଏମ କାର୍ଡ଼, ୧୪ଟି ମୋବାଇଲ ଓ ୨ଟି ମୋଟର ସାଇକେଲ ଜବତ ହୋଇଛି । ନିମଖଣ୍ଡି ଥାନା ପୋଲିସ ଭାବିନୀପୁର ବଜରଙ୍ଗୀ ନଗର ଠାରେ ଏହି ଜୁଆ ଆଡ୍ଡାରୁ ଜୁଆଡ଼ି ମାନଙ୍କୁ ଗିରଫ କରିଛି । ଏ ସଂକ୍ରାନ୍ତରେ ଥାନାରେ ଏକ ମାମଲା ରୁଜୁ ହୋଇଛି । ଗିରଫ ଅଭିଯୁକ୍ତ ମାନଙ୍କୁ ଆଜି କୋର୍ଟଚାଲାଣ କରାଯାଇଛି ।

## ସ୍ୱାସ୍ଥ୍ୟ ଓ ଆରୋଗ୍ୟ ଉପକେନ୍ଦ୍ର ସ୍ଥାନାନ୍ତରଣକୁ ନେଇ ଅସନ୍ତୋଷ

ସାଲେପୁର, (ପି.ଏନ) କଟକ ଜିଲ୍ଲା ନିଶ୍ଚିନ୍ତକୋଇଲି ବ୍ଲକ କଟରପଡା ପଂଚାୟତ ସାଙ୍କିଲୋସ୍ଥିତ ସ୍ୱାସ୍ଥ୍ୟ ଓ ଆରୋଗ୍ୟ ଉପକେନ୍ଦ୍ରକୁ ସ୍ଥାନାନ୍ତରଣ କରାଯିବା ନିମନ୍ତେ ରାଜନୀତିକ ସ୍ତରରେ ଯୋର ଧରିଥିଲା ବେଳେ ପଂଚାୟତ ସ୍ତରୀୟ ନେତା ଓ ଗ୍ରାମବାସୀମାନେ ଅସନ୍ତୋଷ ବ୍ୟକ୍ତ କରିଛନ୍ତି । ଉକ୍ତ ସ୍ୱାସ୍ଥ୍ୟକେନ୍ଦ୍ର ସ୍ଥାନାନ୍ତରଣ ସ୍ଥଗିତ ପାଇଁ ପୁନଃବିଚାର ପାଇଁ ଦାବି ହେଉଛି । ଏପରିକି ୭ ଦିନ ମଧ୍ୟରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଗଲେ କଟରପଡା ପଂଚାୟତର ସରପଂଚ ଓ ସମିତିସଭ୍ୟା ନିଶ୍ଚିନ୍ତକୋଇଲି ତହସିଲଦାରଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।ସୂଚନା ଥାଉ କି, କଟରପଡା ପଂଚାୟତ ସାଙ୍କିଲୋ ଠାରେ ୧୯୮୧ ମସିହାରୁ ସାଙ୍କିଲୋ ସ୍ୱାସ୍ଥ୍ୟ ଓ ଆରୋଗ୍ୟ ଉପକେନ୍ଦ୍ର କାର୍ଯ୍ୟ କରିଆସୁଅଛି । ଉକ୍ତ ସ୍ୱାସ୍ଥ୍ୟକେନ୍ଦ୍ରର ପୁନରୁଦ୍ଧାର ତଥା ନୂତନ ଗୃହ ପାଇଁ ୫୦ ଲକ୍ଷ ଟଙ୍କା ମଞ୍ଜୁର ହୋଇଛି । କିନ୍ତୁ, ଏହି ସ୍ୱାସ୍ଥ୍ୟକେନ୍ଦ୍ର ସେଠାରୁ ସ୍ଥାନାନ୍ତରଣ କରାଯାଇ ଅନ୍ୟତ୍ର କରାଯିବା ପାଇଁ ରାଜନୈତିକ ମହଲରେ ମସୁଧା ଚାଲିଥିବା ଅଭିଯୋଗ ହେଉଛି । ଏପରିକି ସ୍ଥାନୀୟ ଅଂଚଳର ସମାଜସେବୀ ଦୁର୍ଗାଚରଣ ନାୟକ ସ୍ୱାସ୍ଥ୍ୟକେନ୍ଦ୍ର ଠାରୁ ପ୍ରାୟ ୧ କି.ମି. ଦୂରରେ ଦଶମାଣିଆ ଠାରେ ଶାରଦ ଦୋଫସଲି ଜମିଟିଏ ନିଶ୍ଚିନ୍ତକୋଇଲି ସ୍ୱାସ୍ଥ୍ୟକେନ୍ଦ୍ରକୁ ଦାନ କରିଛନ୍ତି । ସେଠାରେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ ହେବା ପାଇଁ ମସୁଧା ଚାଲିଥିଲା ବେଳେ ନିର୍ମାଣ ହେବାକୁ ଥିବା ଏହି ସ୍ଥାନକୁ ଯିବା ନିମନ୍ତେ କୌଣସି ସରକାରୀ ରାସ୍ତା ନାହିଁ । ଏଠାରେ ନୂତନ ଗୃହ ନିର୍ମାଣ କରାଗଲେ ଗମନାଗମନ ନିମନ୍ତେ ଲୋକେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେବେ ବୋଲି ପ୍ରକାଶ କରୁଛନ୍ତି । ସ୍ଥାନୀୟ ସରପଂଚ ଓ ସମିତିସଭ୍ୟା ଏହାର ପୁନଃବିଚାର କରାଯିବା ନିମନ୍ତେ ମୁଖ୍ୟମନ୍ତ୍ରୀ, ମୁଖ୍ୟଶାସନ ସଚିବ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ସଚିବ, ସିଡିଏମଓ ଏବଂ ନିଶ୍ଚିନ୍ତକୋଇଲି ତହସିଲଦାରଙ୍କୁ ଲିଖିତ ଭାବେ ଅଭିଯୋଗ କରିଛନ୍ତି । ୭ ଦିନ ମଧ୍ୟରେ ଏହାର ପୁନଃବିଚାର ନହେଲେ ସରପଂଚ, ସମିତିସଭ୍ୟାଙ୍କ ସମେତ ତାଙ୍କର ସମର୍ଥକମାନଙ୍କୁ ନେଇ ନିଶ୍ଚିନ୍ତକୋଇଲି ତହସିଲ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେବେ ବୋଲି ଚେତାବନୀ ଦେଇଛନ୍ତି ।

## ଥଇଥାନ ନକରି ଦୋକାନ ଉଚ୍ଛେଦରୁ ଅସନ୍ତୋଷ

ସାଲେପୁର, (ପି.ଏନ): କଟକ-ଚାନ୍ଦବାଲି ରାସ୍ତାର ସାଲେପୁର ସହରର କୁଆଁପାଳ ଛକରୁ ସାଲେପୁର ଛତିଆ ରାସ୍ତା ସଂପ୍ରସାରଣ କାର୍ଯ୍ୟ ଆରମ୍ଭ ହୋଇଛି । ସାଲେପୁର ତହସିଲ ଅଧିନ ଲୁଣାହାର, ବେଙ୍ଗସାହୁ କଲୋନୀ, ବୋଦାମୁଣ୍ଡାଇ, ମନୋହରପୁର, ଚାରିମାଣିଆ, କୁସୁମୀ, ରାଇସୁଙ୍ଗୁଡା, ଗଙ୍ଗେଶ୍ୱର ଧର୍ମଗତପୁର ବଜାରର ଶହ ଶହ ଦୋକାନୀଙ୍କୁ ଉଚ୍ଛେଦ କରାଯାଇଥିବାରୁ ବ୍ୟବସାୟୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି । ଦୀର୍ଘ ବର୍ଷ ଧରି ରାସ୍ତା ପାର୍ଶ୍ୱରେ ଦୋକାନକରି ନିଜର ପରିବାର ପ୍ରତିପୋଷଣ କରୁଥିଲେ । ଏବେ ରାସ୍ତା ସଂପ୍ରସାରଣ ପାଇଁ ସେମାନଙ୍କୁ ଉଚ୍ଛେଦ କରାଯାଇଛି । ରାସ୍ତା ସଂପ୍ରସାରଣକୁ କେହି ବିରୋଧ କରୁନାହାଁନ୍ତି । ମାତ୍ର ୫୦/୬୦ ବର୍ଷ ଧରି ବ୍ୟବସାୟ କରି ଆସୁଥିବା ବ୍ୟବସାୟୀମାନଙ୍କୁ ପ୍ରଥମେ ଥଇଥାନର ବ୍ୟବସ୍ଥା ନକରି ଉଚ୍ଛେଦ କରାଯାଉଛି । ବେପାର କରି ଜୀବନ ଜୀବିକା ବଞ୍ଚାଉଥିବା ବ୍ୟବସାୟୀମାନେ କିପରି ପରିବାର ଚଳାଇବେ ତାହା ଏକ ମୁଖ୍ୟ ସମସ୍ୟା ହୋଇଛି । ଏହି ସଂପ୍ରସାରଣରେ ସାଲେପୁର, ମାହାଙ୍ଗା ତହସିଲ ଅଂଚଳର ସ୍ଥାୟୀ ଅସ୍ଥାୟୀ ଶହ ଶହ ବ୍ୟବସାୟୀ ରାସ୍ତା ସଂପ୍ରସାରଣ ଯୋଗୁ ବେସାହାର ହୋଇପଡିଛନ୍ତି । ଆଗାମୀ ଦିନରେ ଦୋକାନ ଉଚ୍ଛେଦ ଯୋଗୁ ସାଂଘାତିକ ଭାବେ ବେକାରୀ ସମସ୍ୟା ସୃଷ୍ଟି ହେବାର ସମ୍ଭାବନା ଦେଖାଦେଇଛି ।

## ଭାରତୀୟ ମଜଦୁର ସଂଘର ପ୍ରତିଷ୍ଠା ଦିବସ ପାଳିତ

କୋରେଇ, (ପି.ଏନ): ଭାରତୀୟ ମଜଦୁର ସଂଘର ପ୍ରତିଷ୍ଠା ଦିବସ ଯାଜପୁର ଜିଲ୍ଲା ପାଣିକୋଇଲି ସ୍ଥିତ ସରସ୍ୱତୀ ଶିଶୁ ମନ୍ଦିର ଠାରେ ଜିଲ୍ଲା ସଭାପତି ବଟକୃଷ୍ଣ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହେଇଯାଇଛି। ଉକ୍ତ ସଭାରେ ରାଜ୍ୟ ଆଶା ସଂଘର ସହ ପ୍ରଭାରୀ ମୁକ୍ତିକାନ୍ତ ସାହୁ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ସଂଗଠନ ସଂମ୍ପାଦକ ପ୍ରସନ୍ନ ସାମଲ, ଆଶା ରାଜ୍ୟ ସଭାନେତ୍ରୀ ମମତା ମହାନ୍ତି, ଜିଲ୍ଲା ଆଶା ସଭାନେତ୍ରୀ ପୁଷ୍ପଲତା ରାଉତ, ସମ୍ପାଦିକା ସୁଷମା ରାଉତ ଏବଂ ଜିଲ୍ଲାରୁ ବିଭିନ୍ନ କ୍ଷେତ୍ରରୁ ସଭ୍ୟ ସଭ୍ୟା ମାନେ ଯୋଗଦେଇଥିଲେ। ସଂଘର ୬୯ତମ ପ୍ରତିଷ୍ଠା ଦିବସରେ ସଂଗଠନକୁ ଜିଲ୍ଲାରେ ସୁଦୃଢ କରିବା ସଙ୍ଗେ ସଙ୍ଗେ ଏକ ମନ ପ୍ରାଣ ହୋଇ କାର୍ଯ୍ୟ କରିବାକୁ ସଭାପତି ମହୋଦୟ ଉପସ୍ଥିତ ସଭ୍ୟମାନଙ୍କୁ ଉପଦେଶ ଦେଇଥିଲେ। ମୁଖ୍ୟଅତିଥି ମହୋଦୟ ସଂଘର ପ୍ରତିଷ୍ଠା ଦିବସର ମହତ୍ୱ ବିଷୟରେ ଉପସ୍ଥିତ ସଭ୍ୟମାନଙ୍କୁ ବୁଝାଇ ଥିଲେ। ସଂଗଠନ ସଂମ୍ପାଦକ ଆଗାମୀ ଦିନରେ ସଂଗଠନକୁ କିଭଳି ମଜବୁତ କରାଯିବ ଏବଂ ଯାଜପୁର ଜିଲ୍ଲାରେ ପୁଣି ବିଏମଏସ ର ଧ୍ୱଜା ସବୁଆଡେ ଉଡିବ ସେଥିପାଇଁ ଆମ୍ଭ ସମସ୍ତଙ୍କୁ ଶପଥ ପୂର୍ବକ କାମ କରିବାକୁ ପଡିବ ବୋଲି ମତବ୍ୟକ୍ତ କରିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ମମତା ମହାନ୍ତି, ପୁଷ୍ପଲତା ରାଉତ, ସୀତା ବେହେରା, ବବିତା ମଲ୍ଲିକ, ସାଗରିକା ମଲ୍ଲିକ, ଅଖଜି ମଲ୍ଲିକ, ସମସର ବେଗମ, ସୁଷମା ରାଉତ, କଳ୍ପନା ନାୟକ, ପ୍ରମିଳା ଜେନା, ମନୋଜ ଜେନା, ବଳରାମ ରାଉତ, ପଦ୍ମଲୋଚନ ମଲ୍ଲିକ ଯୋଗଦେଇ ସଭାକୁ ସରସସୁନ୍ଦର କରିଥିଲେ। ଶେଷରେ ସଭାପତି ତଥା ଅନ୍ୟ ଅତିଥି ମାନଙ୍କୁ ଧନ୍ୟବାଦ ଅର୍ପଣ କରାଯାଇ ସଭାସଙ୍ଗ କରାଯାଇଥିଲା।

## ଫୁଲବାଣୀ ହାଟପଦା ଠାରେ ଭାରତୀୟ ମଜଦୁର ସଂଘର ୬୯ତମ ପ୍ରତିଷ୍ଠା ଦିବସ ପାଳିତ

କନ୍ଧମାଳ, (ପି.ଏନ ଭାରତୀୟ ମଜଦୁର ସଂଘ (ବିଏମଏସ)ର ୬୯ତମ ପ୍ରତିଷ୍ଠା ଦିବସ ଫୁଲବାଣୀ ହାଟପଦା ସ୍ଥିତ ମା’’ନାରାୟଣୀ ଯାତ୍ରା କାର୍ଯାଳୟର ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ସଭାପତି ଅଶୋକ ପରିଡାଙ୍କ ପୌରୋହିତ୍ୟରେ ଏହା ଅନୁଷ୍ଠିତ ହୋଇଛି। ୧୯୫୫ ମସିହା ଜୁଲାଇ ୨୩ ତାରିଖରେ ଦନ୍ତପନ୍ତ ଠେଙ୍ଗଡେଙ୍କ ପୌରୋହିତ୍ୟରେ ଭୋପାଳ ଠାରେ ବିଏମଏସ ଲୋକମାନ୍ୟ ବାଲଗଙ୍ଗାଧର ତିଳକଙ୍କ ଜନ୍ମ ତିଥିରେ ପ୍ରତିଷ୍ଠା କରାଯାଇଥିଲା। ଶ୍ରମିକ ମାନଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି ରାଜନୈତିକ ଦଳରୁ ଊର୍ଦ୍ଧ୍ୱରେ ରହି ଏହି ସଂଗଠନ ସମଭାବାପନ୍ନ ବ୍ୟକ୍ତିଙ୍କୁ ନେଇ ଗଠନ କରାଯାଇଛି। ଶ୍ରମିକ ମାନଙ୍କୁ ସର୍ବନିମ୍ନ ମଜୁରୀ ନୁହେଁ ଅନ୍ୟମାନଙ୍କ ଭଳି ସୁଖ ସ୍ୱାଛନ୍ଦ୍ୟରେ ବଂଚିବା ଭଳି ମଜୁରୀ ଦେବାକୁ ବିଏମଏସ ଦାବୀ କରିବା ସହ ଆଉଟସୋର୍ସିଂ ଓ ଠିକାଦାର ପ୍ରଥା ଉଛେଦ ପାଇଁ ଲଢ଼େଇ କରିଆସୁଛି। ୬୯ତମ ପ୍ରତିଷ୍ଠା ଦିବସରେ ବିଏମଏସର ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ବିଜୟ ପାତ୍ର ବକ୍ତାଭାବେ ଯୋଗଦେଇ ବିଏମଏସ ର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। କନ୍ଧମାଳ ଜିଲା ଯୋଗାଣ ଅଧିକାରୀ ଅନାଥ ଚରଣ ସ୍ୱାଇଁ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶ୍ରମନୀତି ସମ୍ପର୍କରେ ସୂଚନା ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲା ସଂଘ ଚାଳକ ରମେଶ ସାହୁ, କନ୍ଧମାଳ ମିଡିଆ ଫୋରମର ସଭାପତି ସନ୍ତୋଷ କୁମାର ଦିଗାଲ, ସାଧାରଣ ସମ୍ପାଦକ ଆଦିତ୍ୟ ପ୍ରସାଦ ତ୍ରିପାଠୀ ପ୍ରମୁଖ ଯୋଗଦେଇ ଶ୍ରମିକ ମାନଙ୍କ ସମସ୍ୟା ସହିତ ଗଣମାଧ୍ୟମ ସବୁବେଳେ ରହିଛି ବୋଲି କହିଥିଲେ। କନ୍ଧମାଳ ଜିଲ୍ଲାରେ ଆଉଟ ସୋର୍ସିଂ କମ୍ପାନୀ ମାନେ ଶ୍ରମିକ ମାନଙ୍କୁ ଶୋଷଣ କରି ଶ୍ରମିକ ମାରଣା ନୀତି ଆପଣାଉଥିବାରୁ ଆନ୍ଦୋଳନ ପାଇଁ ଜିଲା ସଭାପତି ଆହ୍ୱାନ ଦେଇଥିଲେ। ସାଧାରଣ ଠିକା ଶ୍ରମିକ ନିଯୁକ୍ତି ପାଇଁ ଆଉଟସୋର୍ସିଂ ସଂସ୍ଥା ବ୍ୟାପକ ଅର୍ଥ କାରବାର କରୁଥିବା ଓ ବିନା କାରଣରେ ଛଟେଇ କରୁଥିବାରୁ ଏହା ବିରୁଦ୍ଧରେ ଆନ୍ଦୋଳନ ପାଇଁ ଆହ୍ୱାନ ଦିଆଯାଇଥିଲା। ସରକାର ଶ୍ରମିକ ଶୋଷଣକୁ ପ୍ରୋତ୍ସାହିତ କରୁଥିବାରୁ ଠିକାଶ୍ରମିକ ଓ ଆଉଟସୋର୍ସିଂ ବ୍ୟବସ୍ଥା ଲୋପ ପାଇଁ ଲଢ଼େଇ କରିବାକୁ ନିଷ୍ପତି ବୈଠକରେ ନିଆଯାଇଥିଲା।

ଏହି ଅବସରରେ ଶ୍ରମିକ ନେତା ବିନୋଦ ନାୟକ, ରବୀନ୍ଦ୍ର ବେହେରା ଓ ବ୍ରହ୍ମାନନ୍ଦ ବେହେରା ପ୍ରମୁଖଙ୍କୁ ଅତିଥି ମାନେ ସମ୍ବର୍ଦ୍ଧିତ କରିଥିଲେ। ବରିଷ୍ଠ ନାଗରିକ, ସାମ୍ବାଦିକ, ଶ୍ରମିକ ଓ ସଫେଇ କର୍ମଚାରୀ ମାନେ ଉପସ୍ଥିତ ଥିଲେ। ଅଙ୍ଗନବାଡି, ଆଶା ପାଟିକା ମାନଙ୍କୁ ସରକାର ପ୍ରୋଜେକ୍ଟ ନାମରେ ଆଳ ଦେଖାଇ ଚାକିରୀ ନିୟମିତ ନକରି ଶୋଷଣ କରୁଥିବା ଆଲୋଚନା ହୋଇଥିଲା। ଶେଷରେ କାର୍ଯ୍ୟକାରୀ ସଭାପତି ଗୋପାଳ ବେହେରା ସମସ୍ତଙ୍କ ସହଯୋଗ ପାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

## ଶ୍ରୀମନ୍ଦିରରେ ଖସାପଡ଼ା ନୀତି ଅନୁଷ୍ଠିତ

ପୁରୀ, (ପି.ଏନ): ଶ୍ରାବଣ ମଳମାସ ଶୁକ୍ଳପକ୍ଷ ଷଷ୍ଠୀ ତିଥିରେ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ଖସାପଡ଼ା ନୀତି ଅନୁଷ୍ଠିତ ହୋଇଯାଇଛି । ଏହା ଏକ ଗୁପ୍ତ ସେବା । ସେଥିପାଇଁ ସଂଧ୍ୟା ୬ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ମହାପ୍ରଭୁଙ୍କ ଭକ୍ତ ଦର୍ଶନ ବନ୍ଦ ରହିଛି । ମହାପ୍ରଭୁଙ୍କ ଶ୍ରୀଅଙ୍ଗ ଓ ଶ୍ରୀପୟର ସୁରକ୍ଷା ପାଇଁ ଏହି ନୀତି କରାଯାଇଥାଏ । ରଥଯାତ୍ରା ଯୋଗୁଁ ମହାପ୍ରଭୁଙ୍କ ଶ୍ରୀଅଙ୍ଗରେ ବାଧା ସୃଷ୍ଟି ହୋଇଥିବାରୁ ଏହି ନୀତି କରାଯାଇଥାଏ । ଏହା ଦଇତାପତିଙ୍କ ଗୋଷ୍ଠୀଗତ ଗୁପ୍ତ ସେବା । ରଥଯାତ୍ରା ପରେ ଓ ହୋଲି ପରେ ଏହି ନୀତି ଅନୁଷ୍ଠିତ ହୋଇଥାଏ । ଗତକାଲି ଠାରୁ ଦେଉଳକରଣ ଧଳାକନା ଧୋଇ ଶୁଖାଇ ଶ୍ରୀମନ୍ଦିର ଗାରଦରେ ଜମାଦେଇଥିଲେ ।


MAHARISHI PUBLIC SCHOOL



2023-2024

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com

Find us on
Facebook.com/Mps, Baripada

ଖେଳ
ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Bhubaneswar Wednesday July 26, 2023 ଭୁବନେଶ୍ୱର ବୁଧବାର, ଜୁଲାଇ ୨୬,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


# ମୋଦୀ ଶାସନରେ ମଣିପୁର ଓ ଦେଶରେ ମହିଳା ଅସୁରକ୍ଷିତ

ଭୁବନେଶ୍ୱର ,(ପି.ଏନ): ଆଜି ପ୍ରଦଶେ ଛାତ୍ର କଂଗ୍ରେସ ସଭାପତି ସୟଦ୍ ୟାସିର ନଓ୍ୱାଜଙ୍କ ନେତୃତ୍ୱରେ ମଣିପୁର ହିଂସା କାଣ୍ଡ, ହତ୍ୟା, ମହିଳାଙ୍କୁ ଉଲଗ୍ନ ଏବଂ ଦୁଷ୍କର୍ମ ତଥା ସାରା ଦେଶରେ ବିଜେପି, ଆରଏସ୍.ଏସ୍, ଏବିଭିପିର ମହିଳାଙ୍କ ପ୍ରତି ଆଚରଣ ଓ ଅତ୍ୟାଚାର ବିରୁଦ୍ଧରେ ଏକ କ୍ୟାଣ୍ଡଲ ମାର୍ଚ୍ଚ ସଂନ୍ଧ୍ୟା ବେଳେ କଂଗ୍ରେସ ଭବନରୁ ବାହାରି ରାମ ମନ୍ଦିର ପର୍ଯ୍ୟନ୍ତ ଯାଇଥିଲା। ରାମ ମନ୍ଦିର ଠାରେ ସମସ୍ତ ଛାତ୍ର କଂଗ୍ରେସର କର୍ମକର୍ତା, କର୍ମୀ ଓ ପ୍ରଦେଶ କଂଗ୍ରେସ କମିଟିର ବରିଷ୍ଠ ନେତୃବୃନ୍ଦ କ୍ୟାଣ୍ଡଲ ଲଗାଇ ମଣିପୁର ହିଂସାରେ ଜୀବନ ହରାଇଥିବା ସାଧାରଣ ଜନତାଙ୍କର ଆତ୍ମାର ସଦ୍‌ଗତି ପାଇଁ ପ୍ରାର୍ଥନା କରିଥିଲେ। ଶୀଘ୍ର ମଣିପୁର ଠାରେ ହିଂସା ବନ୍ଦ ହେବା ପାଇଁ ଭଗବାନଙ୍କ ପାଖରେ ମିନତି କରିଥିଲେ। ଏହି ପରିପ୍ରେକ୍ଷିରେ ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ୟାସିର ନଓ୍ୱାଜ କହିଛନ୍ତି ଯେ, ମଣିପୁର ଜଳୁଥିବାବେଳେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ନିଘୋଡ଼ ନିଦରେ ଶୋଇଛନ୍ତି। ଦଙ୍ଗା କ୍ଷତିଗ୍ରସ୍ତ ମଣିପୁରବାସୀଙ୍କ ପାଇଁ ମୋଦୀଙ୍କ ହୃଦୟରେ ଦରଦ ନାହିଁ। ମଣିପୁରରେ ଓ ଭାରତରେ ମୋଦୀ ଶାସନରେ ମହିଳା ଅସୁରକ୍ଷିତ ଓ ଲୁଣ୍ଠିତ। ମଣିପୁର ହିଂସାକାଣ୍ଡକୁ ବିଜେପି ଆରଏସ୍ଏସ୍, ଏବିଭିପି ତଥା ମୋଦୀ ସରକାର ଉଷ୍କାଉଛନ୍ତି। ମଣିପୁର ହିଂସାକାଣ୍ଡ ପରେ ଗୋଟିଏ ଦିନ ପରେ ଦୁଇ ଜଣ



ମହିଳାଙ୍କ ଉଲଗ୍ନ କରି ରାସ୍ତାରେ ଚଲାଇବା ସହ ଗଣଦୁଷ୍କର୍ମ କରାଯାଇଥିଲା। ଏହି ଘଟଣାରେ ମଣିପୁର ପୋଲିସ୍ ଦୁଷ୍କର୍ମକାରୀ ଓ ଦଙ୍ଗାକାରୀଙ୍କ ସପକ୍ଷରେ ରହିଛନ୍ତ। ଘଟଣାକୁ ଚପାଇ ଦିଆଗଲା ଏବଂ ଦୁଇମାସ ପରେ ଘଟଣାର ପର୍ଦାଫାସ ହେଲାପରେ ସାରା ଦେଶ ମୋଦୀ ସରକାର ଏବଂ ମଣିପୁର ସରକାରଙ୍କର ଅସଲସ୍ୱରୂପ ଦେଖିଲେ। ଅନ୍ୟପକ୍ଷରେ ଗୃହମନ୍ତ୍ରୀ ଅମିତ ଶାହା ଯିଏକି ବିଗତ ଦିନରେ ଦଙ୍ଗା କରିବାର ଅଭିଜ୍ଞତା ଅର୍ଜନ କରିଥିଲେ, ମଣିପୁର ଦଙ୍ଗାକୁ ସିଏ ପ୍ରୋତ୍ସାହନ ଦେଉଛନ୍ତି ବୋଲି ଜଣାପଡୁଛି। ଅନ୍ୟପକ୍ଷରେ ସାରା ଦେଶରେ ଯେଉଁଠାରେ ମହିଳା ଦୁଷ୍କର୍ମ, ହତ୍ୟା କିମ୍ବା ଅତ୍ୟାଚର ଘଟଣା ଲୋକ ଲୋଚନକୁ ଆସୁଛି, ସବୁଥିରେ ବିଜେପି, ଏବିଭିପି ଓ ଆରଏସ୍.ଏସ୍ ସଭ୍ୟମାନଙ୍କର ସଂପୃକ୍ତ ରହିଛନ୍ତି। ଦିଲ୍ଲୀରେ ମହିଳା ମଲ୍ଲଯୋଦ୍ଧାଙ୍କୁ ଅତ୍ୟାଚାର ଘଟଣା, ଉନାଓ, କାଠୁଆ, ହାଥରାସ୍, ଯୋଧୁପୁର ପ୍ରଭୃତି ଘଟଣାରେ ମହିଳା ଦୁଷ୍କର୍ମ ଓ ହତ୍ୟା ପ୍ରଭୃତିରେ ସେମାନଙ୍କର ଭୂମିକା ସାରା ଦେଶ ନିନ୍ଦା କରୁଛି। ମହିଳା ମାନଙ୍କର ସୁରକ୍ଷା ପ୍ରତି ମୋଦୀ ସରକାର ଉଦାସୀନ। ଏ କାର୍ଯ୍ୟକ୍ରମରେ ପ୍ରଦେଶ କଂଗ୍ରେସ କମିଟ ସଭାପତି ଶ୍ରୀ ଶରତ ପଟ୍ଟନାୟକ ଯୋଗଦେଇ କହିଥିଲେ ଯେ, ମୋଦୀ ଶାସନର ଅସଲ ରୂପ ମଣିପୁରରେ ପରିଦୃଷ୍ଟ। ମୋଦୀ ଶାସନରେ ନାରୀସୁରକ୍ଷା ଏକ ଚିନ୍ତାଜନକ ପରିସ୍ଥିତିରେ ପହଂଚିଛି। କଂଗ୍ରେସ ଦଳ ସବୁବେଳେ ମହିଳାମାନଙ୍କର ସୁରକ୍ଷା ଓ ସମ୍ମାନ ପ୍ରତି ସଚେତନ ଥାଏ। ଯାହା ମୋଦୀ ସରକାରରେ ଅଭାବ ହେଉଛି। ଏହି କାର୍ଯ୍ୟକ୍ରମରେ ପ୍ରଦେଶ କଂଗ୍ରେସର ପୂର୍ବତନ ସଭାପତି ନିରନ ପଟ୍ଟନାୟକ, ଜୟଦେବ ଜେନା, ପ୍ରସାଦ ହରିଚନ୍ଦନ, ସୁରେଶ କୁମାର ରାଉତରାୟ, ଶିବାନନ୍ଦ ରାୟ, ମାନସ ଚୌଧୁରୀ, ନବଜ୍ୟୋତି ପଟ୍ଟନାୟକ, ବିଶ୍ୱଜିତ ଦାସ, ଜନାକୀବଲ୍ଲଭ ପଟ୍ଟନାୟକ, ମାନସ ଭୋରା, ପ୍ରକାଶ ମିଶ୍ର, ଶଶିକାନ୍ତ ଲେଙ୍କା, ସୁବ୍ରତ ମହାପାତ୍ର, ଅଜୟ ସାହୁ, ମହମ୍ମଦ ଗୁଲଫାନ, ଜିଆଉଲ୍ ହକ୍, ରଣଜିତ୍ ସେନାପତି, ଉଦିତ୍ ପ୍ରଧାନ, ଶ୍ରୀ ମହାନ୍ତି, ଶିକ୍ସିଶ୍ରୀ ହରିଚନ୍ଦନ, ବିରଞ୍ଚି ବାରିକ, ଅଖିଳେଷ ଯାଦବ, ଅହମେଦ୍ ଖାନ, ରାଜଲକ୍ଷ୍ମୀ ସାହୁ, ସାହାରୁଖ୍ ଖାନ, ବିପ୍ଲବ ପରିଡ଼ା, ନିରନ ଦାସ, ନିଆଜୁଲ ଇସ୍‌ଲାମ୍, ରାଜକିଶୋର ବାରିକ, ମିହିର ଆଚାର୍ଯ୍ୟ, ସୁରଜ ରାଉତ, ସୁନିଲ ମାଟିଆ, ଜୟକୃଷ୍ଣ ସୁବୁଧି, ବଟକୃଷ୍ଣ ରାଉତରାୟ, ତରୁଣ ମିଶ୍ର, ରଜନୀ ମହାନ୍ତି, ପ୍ରଭାତ ପ୍ରତାପ ସିଂ, ଆର୍ଯ୍ୟନ ସାସମଲ, ଦିବ୍ୟ ସିଂ ଦେଓ, ରାଜଦୀପ ବେହେରା, ଅଶୋକ ଦାସ, ସ୍ପନ୍ଦନ ସ୍ୱାଇଁ, ଉପାସନା ମିଶ୍ର, ଟିଙ୍କୁ ବରାଳ, ସମୀର ରାଉତ, ସୌମ୍ୟ ବରାଳ ପ୍ରମୁଖ ଅଂଶ ଗ୍ରହଣ କରିଥିଲେ।

## ପାରାଦୀପ ଉପ ଆରକ୍ଷୀ ଅଧିକ୍ଷକ ଭାବେ ସନ୍ତୋଷ ଜେନାଙ୍କ ଯୋଗଦାନ

ପାରାଦୀପ,(ପି.ଏନ): ପାରାଦୀପ ନୂତନ ଉପ ଆରକ୍ଷୀ ଅଧିକ୍ଷକ (ଡିଏସପି) ଭାବେ ସନ୍ତୋଷ କୁମାର ଜେନା ଗତ ଶନିବାର ଦିନ କାର୍ଯ୍ୟଭାର ଗ୍ରହଣ କରିଛନ୍ତି । ପୂର୍ବରୁ ଶ୍ରୀ ଜେନା ରାଉରକେଲାରେ ଅବସ୍ଥାପିତ ଥିବାବେଳେ ବେଶ ସୁନାମ ଅର୍ଜନ କରିଥିଲେ । ସୁଚନା ଥାଉକି ପାରାଦୀପରେ ପୂର୍ବରୁ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ପଦବୀ ରହିଥିବା ବେଳେ ଏବେ ଏହା ଉପ ଆରକ୍ଷୀ ଅଧିକ୍ଷକ ପଦବୀରେ ପରିଣତ ହୋଇଛି। ତେବେ ନୂତନ ଡିଏସପିଙ୍କ ଯୋଗଦାନ ପରେ ପାରାଦୀପର କାର୍ଯ୍ୟରତ ସାମ୍ବାଦିକ ମାନେ ତାଙ୍କୁ ସୌଜନ୍ୟ ମୂଳକ ସାକ୍ଷାତ କରି ସ୍ଥାନୀୟ ଅଂଚଳର ଆଇନ ଶୃଙ୍ଖଳା ସମସ୍ୟା ସମ୍ପର୍କରେ ଆଲୋଚନା କରିଥିଲେ।

# ପାରାଦୀପରେ ପ୍ରସିଦ୍ଧ ବିଶ୍ୱକର୍ମା ପୂଜା ପାଇଁ ପ୍ରଥମ ପ୍ରାକ ପ୍ରସ୍ତୁତି ବୈଠକ



ପାରାଦୀପ,(ପି.ଏନ): କରୋନା ମହାମାରୀ ପ୍ରତିବନ୍ଧକ ପାଇଁ ଦୀର୍ଘ ୩ ବର୍ଷ ଧରି ବନ୍ଦ ରହିଥିବା ପାରାଦୀପର ପ୍ରସିଦ୍ଧ ବିଶ୍ୱକର୍ମା ପୂଜା ଆସନ୍ତା ସେପ୍ଟେମ୍ବର ମାସ ୧୭ ତାରିଖ ପୁନଃ ଆରମ୍ଭ ହେବାକୁ ଯାଉଛି । ଏହି ପରିପ୍ରେକ୍ଷୀରେ ମଙ୍ଗଳବାର ଦିନ ପାରାଦୀପ ବନ୍ଦର ପ୍ରଶାସନିକ ଭବନ ଠାରେ ପ୍ରଥମ ପ୍ରାକ ପ୍ରସ୍ତୁତି ବୈଠକ ଆୟୋଜିତ ହୋଇଯାଇଛି। ଏହି ବୈଠକରେ ପାରାଦୀପର ଉପଜିଲ୍ଲାପାଳ ସନ୍ଧ୍ୟା ସମରଥ, ପୌରାଧ୍ୟକ୍ଷ ବସନ୍ତ କୁମାର ବିଶ୍ୱାଳ, ଜିଲ୍ଲା ଉପ ଆରକ୍ଷୀ ଅଧିକ୍ଷକ ସନ୍ତୋଷ କୁମାର ଜେନା, ବନ୍ଦର ସଚିବ ପି.ଏନ. ବାହେକର, ସିନିୟର ଇଷ୍ଟେଟ୍ ମ୍ୟାନେଜର ବିଶ୍ୱଜିତ ମିଶ୍ର, ଆଦର୍ଶ ଥାନା ଅଧିକାରୀ ସୁଚିତ୍ର ବିର୍ଯ୍ୟା ଦାସ ପ୍ରମୁଖଙ୍କ ସମେତ ୨୯ ଗୋଟି ବିଭିନ୍ନ ସଂଗଠନର ପ୍ରତିନିଧି ମାନେ ଉପସ୍ଥିତ ରହି ଆଗାମି ବିଶ୍ୱକର୍ମା ପୂଜା ଉତ୍ସବ ପାଳନ ସମ୍ପର୍କରେ ଆଲୋଚନା କରିଥିଲେ। ତେବେ ଏହାର ପରବର୍ତି ବୈଠକ ଅତିରିକ୍ତ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ହେବ ବୋଲି ସୁଚନା ମିଳିଛି।

# ମାଓସାମଗ୍ରୀ ଜବତ ମାଓବାଦୀ ଚମ୍ପଟ

ନୂଆପଡା,(ପି.ଏନ): ଗୋଟିଏ ମାସରେ ଦୁଇଟି ମାଓ ଶିବିର ଠାବ।ଦୁଇଟି ଦୁଇଟି ଶିବିରରୁ କେବଳ ମାଓସାମଗ୍ରୀ ଜବତ ହେଇଥିବା ବେଳେ ବଡ ସଂଖ୍ୟାରେ ମାଓବାଦୀ (ସିପିଆଇ) ଯଥେଷ୍ଟ ପୁର୍ବରୁ ଚମ୍ପଟ ମାରିଛନ୍ତି।ଏଥିରୁ ପୋଲିସ୍ ର ଗୁଇନ୍ଦା ଭଳି ମାଓବାଦୀଙ୍କ ମଧ ଗୁଇନ୍ଦା ଥିବାର ସାଧାରଣରେ ଆଲୋଚ଼ନା ହେଉଛି।ଏହା ପୁର୍ବରୁ ମଧ ଅନେକ ମାଓ ଶିବିର ଠାବ ହୋଇଥିଲା ବେଳେ କେବଳ ମାଓ ସାମଗ୍ରୀ ଜବତ କରି ପାରିଛି ପୋଲିସ୍। ଚ଼ଳିତ ମାସ ଆରମ୍ଭରେ ସିନାପାଲି ଥାନା ପାଟଧରା ସଂରକ୍ଷିତ ଜଙ୍ଗଲ ଝୋଲାପଡା ଗ୍ରାମ ନିକଟରୁ କମ୍ବିଂ ସମୟରେ ମାଓସାମଗ୍ରୀ ସହ ମାଓ ଶିବିର ଠାବ ହୋଇଥିଲା ବେଳେ ଏବେ ସେହି ପାଟଧରା ଜଙ୍ଗଲରୁ ପୁଣି ଏକ ମାଓ ଶିବିର ଠାବ ହେଇଛି।ଓଡିଶା-ଛତିଶଗଡ ସୀମାନ୍ତକୁ ଲାଗି ରହିଥିବା ଏହି ଘଞ୍ଚ ଜଙ୍ଗଲରେ ମାଓବାଦୀ ମାନେ ଦୁର୍ବଳ ସଙ୍ଗଠନକୁ ମଜବୁତ କରିବା ଲକ୍ଷରେ ନୁଆସଭ୍ୟ ସଂଗ୍ରହ ତଥା ନିଜର ଗତିବିଧି ଜାରି ରଖିଛନ୍ତି।ନୁଆପଡା ଆରକ୍ଷୀ ଅଧିକ୍ଷକ ଗୁଣ୍ଡାଲା ରେଡ୍‌ଡୀ ରାଘବେନ୍ଦ୍ରଙ୍କ ସୁଚ଼ନା ଅନୁସାରେ ଗୁଇନ୍ଦା ସୁତ୍ରରୁ ପାଟଧରା ସଂରକ୍ଷୀତ ଜଙ୍ଗଲରେ ଅଧିକ ସଂଖ୍ୟାରେ ଥିବା ଏକ ମାଓ ଶିବିରରେ ଏକ ବଡ ଧରଣର ଅଘଟଣ ଘଟେଇବା ଯୋଜନାରେ ମାଓବାଦୀ ଥିବାର ଖବର ହସ୍ତଗତ ହେବାପରେ ନୁଆପଡା ପୋଲିସ୍ ୨୪ତାରିଖ ଦିନ ୧୧ଟା ସମୟରେ ଏସଓଜି,ଡିଭିଏଫ୍ ଓ ସିଆରପିଏଫ ର ଏକ ସଶସ୍ତ୍ର ବାହିନୀ କମ୍ବିଂ ଆରମ୍ଭ କରିଥିଲେ।ଘଞ୍ଚ ଜଙ୍ଗଲରୁ ଏକ ମାଓଶିବିର ଠାବ କରିଥିବା ବେଳେ ଚ଼ଢଉ ପୁର୍ବରୁ ମାଓବାଦୀ ମାନେ ସୁରକ୍ଷିତ ଜାଗାକୁ ଛାଡି ଚ଼ାଲିଯାଇଥିବା କଥା କହିଛନ୍ତି ଡିଭିଏଫ ମୁଖ୍ୟ ଦେବାଶିଷ ରାଉତ।ମାଓ ଶିବିରରୁ ମାଓବାଦୀ ମାନେ ଛାଡି ଚ଼ାଲିଯାଇଥିବା ୫କେଜି-ବାରୁଦ,ଚ଼କୋଲେଟ୍, ବମ୍-୨୦ଟି,ଔଷଧ, ଲୁଣ, ହଳଦୀଗୁଣ୍ଡ, କ୍ଷୀରଗୁଣ୍ଡ,ଚ଼ାଉଳ,ଚ଼ା ଗୁଣ୍ଡ ସହ ଦୁଇଟି ବଡ ପ୍ଲାଷ୍ଟିକ୍ ଡବା ଜବତ ହେଇଛି।ଜବତ ସାମଗ୍ରୀରୁ ମାଓବାଦୀ ମାନେ କିଛିଦିନରୁ ଶିବିରରେ ସ୍ଥାୟୀ ଭାବରେ ରହୁଥିବାର ଅନୁମାନ ହେଉଥିଲେ ମଧ ଗୁଇନ୍ଦା ବିଭାଗ ପାଖରେ ମାଓବାଦୀ ମାନେ ଓଡିଶା ସୀମାରେ ସ୍ଥାୟୀ ଭାବେ ନରହି ଛତିଶଗଡରେ ରହି ଏଠି ଅସ୍ଥାୟୀ ଭାବେ ଚ଼ଳପ୍ରଚ଼ଳ କରୁଥିବାର ଖବର ରହିଛି।

# ଅଷ୍ଟମ ତେରିବର୍କା ଆର୍କଟିକ୍ ଉତ୍ସବରେ ଯୋଗଦେଲେ ୧୫ହଜାର ଲୋକ

ନୂଆଦିଲ୍ଲୀ,(ପି.ଏନ): ତେରିବର୍କା ଆର୍କଟିକ୍ ଉତ୍ସବ ୨୦୨୩ରେ ୧୫ହଜାର ଅତିଥି ଯୋଗଦେଇଥିଲେ, ଯାହା ପୂର୍ବବର୍ଷ ତୁଳନାରେ ୧୫୦% ଅଧିକ ଥିଲା। ଏହି କାର୍ଯ୍ୟକ୍ରମରେ ୧୬ ଜଣ କଳାକାର, ୫୦ ମାଷ୍ଟରକ୍ଲାସ୍ ଏବଂ ତତ୍‌ସମ୍ପର୍କିତ କାର୍ଯ୍ୟକଳାପ, ସାତଟି ବୃତ୍ତିଗତ ଆଧାରିତ ଉତ୍ସବ ପଦଚାରଣା ଟୁର୍ ଏବଂ ଦୁଇଟି ଟ୍ରେଲ୍ ରନ୍ ସାମିଲ ହୋଇଥିଲା। ରୁଷିଆ ଆର୍କଟିକ ପରିଷଦର ଅଧ୍ୟକ୍ଷ ଭାବରେ ୨୦୨୧ରୁ ୨୦୨୩ ପର୍ଯ୍ୟ' ଦାୟିତ୍ୱ ନିର୍ବାହ କରୁଥିବାବେଳେ ଏହା ପ୍ରସ୍ତୁତ କରିଥିବା ଯୋଜନାର ଅଂଶଭାବରେ ମର୍ମନସ୍କ ଓବ୍‌ଲାଷ୍ଟର ତେରିବର୍କା ଗ୍ରାମରେ ଚଳିତ ଜୁଲାଇ ୧୫ ଓ ୧୬ ତାରିଖ ଦୁଇଦିନ ଧରି ଏହି ଉତ୍ସବ ଆୟୋଜିତ ହୋଇଥିଲା। ରୁଷିଆ ଅଧ୍ୟକ୍ଷତାରେ ପରିକଳ୍ପନା କରାଯାଉଥିବା ସମସ୍ତ କାର୍ଯ୍ୟକ୍ରମ ରୋସ୍‌କଂଗ୍ରେସ ଫାଉଣ୍ଡେସନ ପକ୍ଷରୁ ଆୟୋଜନ କରାଯାଉଛି। ଏହି ଅବସରରେ ପ୍ରକାଶ କରି ରୁଷିଆର ସୁଦୂର ପ୍ରାଚ୍ୟ ଓ ଆର୍କଟିକ୍ ବିକାଶ ବିଭାଗ ମନ୍ତ୍ରୀ ଆଲେକ୍ସି ଚେକୁନୋଭ କହିଥିଲେ ଯେ, ଆର୍କଟିକ ହେଉଛି ସମଗ୍ର ପୃଥିବୀର ବର୍ତ୍ତମାନ ଏବଂ ଭବିଷ୍ୟତ। ଏହା ଦୃଢମନା ଔଦ୍ୟୋଗିକତା ମାନସିକତା ରଖୁଥିବା ଜନସାଧାରଣଙ୍କ ସ୍ଥାନ, ଯେଉଁଠାରେ ଶକ୍ତିଶାଳୀ ସରକାରୀ ପ୍ରକଳ୍ପଗୁଡିକ ସାକାର ରୂପ ନେଉଛି, ଏହା ଏଭଳି ଏକ ଭୂମି ଯାହା ଯତ୍ନର ସହିତ ସଂସ୍କୃତିକୁ ସଂରକ୍ଷିତ କରି ରଖିଛି। ଏହି ଉତ୍ସବ ରୁଷିଆର ଆର୍କଟିକ ଅଞ୍ଚଳ, ସୁଦୂର ଉତ୍ତର ଭାବରେ ବାସ କରୁଥିବା ଲୋକଙ୍କ ଜୀବନ ପ୍ରତି ବୃହତ୍ତର ଦୃଷ୍ଟି ଆକର୍ଷଣ କରିଛି। ଏଥିସହିତ ଆର୍କଟିକ ପର୍ଯ୍ୟଟନର ବିକାଶ ଦିଗରେ ଏହା ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିଛି। ରୁଷିଆର କ୍ଷୁଦ୍ରତର ଆର୍କଟିକ ଅଞ୍ଚଳର ପର୍ଯ୍ୟଟନ ସାମର୍ଥ୍ୟ ଲୋକଲୋଚନକୁ ଆଣିବା, ଆର୍କଟିକରେ ବିଭିନ୍ନ କାର୍ଯ୍ୟକ୍ରମ ଭିତ୍ତିକ ପର୍ଯ୍ୟଟନର ବିକାଶ ଏବଂ ସ୍ଥାନୀୟ ଉତ୍ପାଦ ଓ ଖାଦ୍ୟ ଆଦିକୁ ଲୋକପ୍ରିୟ କରାଇବା ତେରିବର୍କା ଉତ୍ସବର ଲକ୍ଷ୍ୟ ଥିଲା। ତେରିବର୍କା ଅତିଥିମାନଙ୍କ ପାଇଁ ସ୍ୱତନ୍ତ୍ର ସଂଗୀତଭିତ୍ତିକ, ସୃଜନଶୀଳ, ଖାଦ୍ୟ ସାମଗ୍ରୀ, କ୍ରୀଡା ଏବଂ ବଜାର ସ୍ଥଳ ଆଦିରେ ଭବ୍ୟ ଚର୍ଚ୍ଚା କରାଯାଇଥିଲା। ଉତ୍ସବର ସଂଗୀତ କାର୍ଯ୍ୟକ୍ରମରେ ସେଭିଲେ (ଆର୍ଟିକ ଓ ଅସ୍ତି), ହାରୁ, ରକ୍‌ବ୍ୟାଣ୍ଡ ଆଫିନେଜ୍, କଭର ବ୍ୟାଣ୍ଡ ରଷିଆନ୍ ଓମ୍ୟାନ ଏବଂ ଆଞ୍ଚଳିକ କଳାକାରଙ୍କ ଦ୍ୱାରା କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ପ୍ରତିବଦଳରେ ଉତ୍ସବର ଖାଦ୍ୟ ସାମଗ୍ରୀଗୁଡିକରେ ଆର୍କଟିକରୁ ନେଇ ସୁଦୂର ପ୍ରାଚ୍ୟ ପର୍ଯ୍ୟ' ଖାଦ୍ୟ ସ୍ଥାନ ପାଇଥିଲା, ଯାହାକୁ ବିଭିନ୍ନ ସ୍ଥାନର ରେଷ୍ଟୁରାଣ୍ଟ ଓ ବିଶିଷ୍ଟ ରୋଷେୟାଙ୍କର ୩୦ରୁ ଅଧିକ ଅଂଶଗ୍ରହଣକାରୀ ଉପସ୍ଥାପନ କରିଥିଲେ। ଉତ୍ସବର ଅତିଥିମାନଙ୍କୁ ଆର୍କଟିକ୍ ଏବଂ ନିକଟବର୍ତ୍ତୀ ଅଞ୍ଚଳର ଖାଦ୍ୟ ସହିତ ପରିଚିତ କରାଯାଇଥିଲା। ମୋଟ ଉପରେ ପ୍ରାୟ ୨୭ ହଜାର ଖାଦ୍ୟ ପ୍ଲେଟ୍ ଏବଂ ୧୬ ହଜାର ପାନୀୟ ଉତ୍ସବର ପରିଦର୍ଶକଙ୍କୁ ଯୋଗାଇ ଦିଆଯାଇଥିଲା। ଉତ୍ସବର ବିଷୟଭିତ୍ତିକ କାର୍ଯ୍ୟକ୍ରମ ଆଲୋଚନାରେ ସୁଦୂର ଉତ୍ତରାଞ୍ଚଳରେ ପର୍ଯ୍ୟଟନର ବିକାଶ ପ୍ରସଙ୍ଗ ସ୍ଥାନ ପାଇଥିଲା। ଏଥିରେ ରୁଷିଆର ସୁଦୂର ପ୍ରାଚ୍ୟ ଓ ଆର୍କଟିକ ଅଞ୍ଚଳର ବିକାଶ ମନ୍ତ୍ରଣାଳୟର ପ୍ରତିନିଧି ଏବଂ ଅନ୍ୟ ସଂଘୀୟ କର୍ତ୍ତୃପକ୍ଷ ତଥା ତତ୍‌ସମ୍ପର୍କିତ ସଂଗଠନ, ସଂସ୍ଥା ଏବଂ ବ୍ୟବସାୟ ସଂସ୍ଥାର ପ୍ରତିନିଧିଗଣ ସାମିଲ ହୋଇଥିଲେ। ସେମାନେ ବିଶେଷ ଭାବରେ ଜାତୀୟ ଏବଂ ଆ'ଃ ଆଞ୍ଚଳିକ ଆର୍କଟିକ ପଥ ସୃଷ୍ଟି ଉପରେ ଗୁରୁତ୍ୱ ଦେଇଥିଲେ। ଏଥିସହିତ ସେମାନେ ବ୍ୟବସାୟକୁ ସମର୍ଥନ ପ୍ରଦାନକାରୀ ପଦକ୍ଷେପ ସୃଷ୍ଟି କ୍ଷେତ୍ରରେ ସର୍ବୋତ୍ତମ କାର୍ଯ୍ୟାଭ୍ୟାସ ଏବଂ ଆର୍କଟିକ୍ ଅଞ୍ଚଳରେ ଭିତ୍ତିଭୂମି ଓ ଲଜିଷ୍ଟିକ୍ସର ବିକାଶ ପ୍ରକ୍ରିୟାର ସମୀକ୍ଷା କରିଥିଲେ। କାର୍ଯ୍ୟକ୍ରମର ଅଂଶଗ୍ରହଣକାରୀଙ୍କୁ ମଧ୍ୟ ତେରିବର୍କାରୁ ଏକ ସ୍ମରଣିକା ପୋଷ୍ଟକାର୍ଡ ପଠାଇବା, ମେରୁ ଅଞ୍ଚଳ ଅଭିଯାନ ପାସପୋର୍ଟ ପାଇଁ ଆବେଦନ କରିବା, ଏକ ସ୍ୱତନ୍ତ୍ର ଆର୍କଟିକ ବୋର୍ଡ ଗେମ୍ ଖେଳିବା ଏବଂ ଟ୍ରେଲ୍ ରନ୍‌ରେ ଅଂଶଗ୍ରହଣ କରିବାକୁ ସୁଯୋଗ ଦିଆଯାଇଥିଲା। ଚିତ୍ରାଙ୍କନ ଏବଂ ଏକ ସୃଜନଶୀଳ ରଙ୍ଗୀନ ସ୍ମରଣିକା ସମ୍ପର୍କରେ ମାଗଣା ମାଷ୍ଟରକ୍ଲାସ୍ ଆୟୋଜନ କରାଯାଇଥିଲା। ପ୍ରକୃତି ସଂରକ୍ଷଣାଗାର ଏବଂ ସ୍ୱତନ୍ତ୍ର ଭାବରେ ସୁରକ୍ଷିତ ପ୍ରାକୃତିକ ଅଞ୍ଚଳ ନିର୍ଦ୍ଦେଶାଳୟର ପ୍ରତିନିଧିଗଣ ଦର୍ଶକମାନଙ୍କ ପାଇଁ ସ୍ୱତନ୍ତ୍ର ମାଷ୍ଟରକ୍ଲାସ୍ ଆୟୋଜନ ସହିତ ତେରିବର୍କା ଅଞ୍ଚଳକୁ ଚାଲିଚାଲି ବୁଲି ଦେଖିବା କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଚଳିତ ବର୍ଷଗୁଡିକରେ ତେରିବର୍କା ଆର୍କଟିକ ଉତ୍ସବ ରୁଷିଆର ଆର୍କଟିକ ଅଞ୍ଚଳରେ ସର୍ବାଧିକ ଆଦୃତ ଉତ୍ସବରେ ପରିଣତ ହୋଇଛି। ଏହି ଉତ୍ସବକୁ ରୁଷିଆ କାର୍ଯ୍ୟକ୍ରମ ପୁରସ୍କାର ସମାରୋହରେ ସ୍ୱୀକୃତି ପ୍ରଦାନ କରାଯାଇଛି ଏବଂ ୨୦୨୩ରେ ଏହାକୁ ରୁଷିଆ ଜାତୀୟ କାର୍ଯ୍ୟକ୍ରମ ସୂଚୀରେ ଶ୍ରେଷ୍ଠ ୫୦ରେ ସ୍ଥାନ ଦିଆଯାଇଛି, ଯାହା କ୍ରମାଗତ ଦ୍ୱିତୀୟ ଥର ପାଇଁ ହୋଇଛି ଏବଂ ଏହା ରୁଷିଆର ଶିଳ୍ପ ଓ ବାଣିଜ୍ୟ ମନ୍ତ୍ରଣାଳୟ ଦ୍ୱାରା ଆୟୋଜିତ ୨୦୨୩ ରୁଷୀୟ ବାଣିଜ୍ୟ ପ୍ରତିଯୋଗିତାରେ ଶ୍ରେଷ୍ଠ ଉତ୍ସବ ଭାବରେ ସ୍ଥାନ ପାଇଛି।




# କର୍ତ୍ତବ୍ୟ ନିଷ୍ଠ ପୁଲିସ ହାବିଲଦାର ମଶି ଅହମ୍ମଦ ଖାନ

ଖୋର୍ଦ୍ଧା,(ପି.ଏନ):ଓଡ଼ିଶା ପୁଲିସରେ କାର୍ଯ୍ୟରତ ହାବିଲଦାର /୭୪ ମଶି ଅହମ୍ମଦ ଖାନ ଜଣେ କର୍ତବ୍ୟ ନିଷ୍ଠ ହାବିଲଦାର ଭାବରେ ବେଶ ପରିଚିତ। ୧୯୯୫ ମସିହାରେ ଓଡ଼ିଶା ପୁଲିସରେ ଯୋଗ ଦେଇଥିବା ଶ୍ରୀଯୁକ୍ତ ଖାନ୍ ଜଣେ ସଚ୍ଚୋଟ କର୍ମଠ କର୍ତବ୍ୟ ନିଷ୍ଠ ପୁଲିସ କର୍ମଚ଼ାରୀ ଭାବରେ ଦୀର୍ଘ ୨୮ ବର୍ଷ ଧରି ବିଭିନ୍ନ ସ୍ଥାନରେ ବିଭାଗୀୟ ଅଧିକାରୀଙ୍କ ଠାରୁ ଆରମ୍ଭ କରି ସାଧାରଣ ଜନତାଙ୍କ ଆଶା ଭାଜନ ତଥା ପ୍ରୀୟ ପାତ୍ର ହୋଇପାରିଛି। ସେ ଅଧୁନା ଖୋରଧା ଟ୍ରାଫିକ୍ ହାବିଲଦାର ଭାବରେ କାର୍ଯ୍ୟରତ ତାଙ୍କ ଚାକିରୀ କାଳ ମଧ୍ୟରେ ଉତ୍କୃଷ୍ଟ ସେବା ପାଇଁ ୪୮ ଗୋଟି ପୁରସ୍କାର ପାଇଛନ୍ତି। ଆଇନ



ଶୃଙ୍ଖଳା ପରିସ୍ଥିତିକୁ ନିୟନ୍ତ୍ରଣ କରିବା ଠାରୁ ଆରମ୍ଭ କରି ଟ୍ରାଫିକ୍ ନିୟନ୍ତ୍ରଣ ଦୁର୍ଘଟଣାଗ୍ରସ୍ତ ବ୍ୟକ୍ତିମାନଙ୍କୁ ସହାୟତା, ଅସହାୟ ବ୍ୟକ୍ତିମାନଙ୍କୁ ସହାୟତାର ହାତ ବଢାଇଥାନ୍ତି ଶ୍ରୀଯୁକ୍ତ ଖାନ। ୨୦୨୦ ମସିହା କରୋନା ମହାମାରୀ ସମୟରେ ଉଲ୍ଲେଖନୀୟ ଅବଦାନ ପାଇଁ ଖୋରଧା ଜିଲ୍ଲାର ଶ୍ରେଷ୍ଠ ହାବିଲଦାର ଭାବରେ ପୁରସ୍କୃତ ମଧ ହୋଇଛନ୍ତି। ଖୋରଧା ସହର ଟ୍ରାଫିକ୍ ନିୟନ୍ତ୍ରଣରେ ତାଙ୍କର ଉଲ୍ଲେଖନୀୟ ଅବଦାନ ମଧ ରହିଛି। ସେବାକୁ ନିଜ ଜୀବନର ବ୍ରତ ଭାବରେ ଗ୍ରହଣ କରିଥିବା ଏବଂ ନିଜର କର୍ତବ୍ୟ ନିଷ୍ଠ ଯୋଗୁଁ ଶ୍ରୀଯୁକ୍ତ ଖାନଙ୍କୁ ସାଧାରଣରେ ଉଚ୍ଚ ପ୍ରଶଂସା କରାଯାଉଛି।

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray